୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.181 Bhubaneswar Saturday August 24 2024 | ୨୬ତମ ବର୍ଷ ସଂଖ୍ୟା–୧୮୧ ଭୁବନେଶ୍ୱର, ଶନିବାର, ଅଗଷ୍ଟ ୨୪, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 (Air Surcharge - 0.50P) | Member-INS

# ଆଇପିଏସ୍ କୁଟ୍ଟେ ଓ ଆଶୀଷ ସିଂଙ୍କ ବିରୁଦ୍ଧରେ ସଙ୍ଗୀନ ଅଭିଯୋଗ: ଚାର୍ଜସିଟ୍ ଜାରି, ଖସିବା ହେବନି ସହଜ





ଭୁବନେଶ୍ୱର,୨୩।୮(ପି.ଏନ): ବିଜେଡି ସରକାରରେ ସର୍ବେସର୍ବା ଭିକେ ପାଣ୍ଡିଆନଙ୍କ ଖାସ୍ ସହଯୋଗୀ ଆଇପିଏସ୍ ଡିଏସ୍ କୁଟ୍ଟେ ଓ ଆଶୀଷ ସିଂଙ୍କ ଅଡୁଆ ବଢ଼ିଛି । ଉଭୟ ଅଫିସରଙ୍କ ବିରୁଦ୍ଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ପାଇଁ ପ୍ରକ୍ରିୟା ଆରମ୍ଭ କରିବା ସହ ସେମାନଙ୍କୁ ଚାର୍ଜସିଟ୍ ଜାରି କରିଛନ୍ତି । ତେବେ ଆଇପିଏସ୍ ଶ୍ରୀ କୁଟ୍ଟେଙ୍କ ବିରୁଦ୍ଧରେ ୨ଜଣ ଆଇଏଏସ୍ ଅଫିସର ଲିଖିତ ଭାବେ ଦେଇଥିବା ସଙ୍ଗୀନ ଅଭିଯୋଗ ଆଧାରରେ ତାଙ୍କ ବିରୁଦ୍ଧରେ ଚାର୍ଜସିଟ୍ ଜାରି ହୋଇଛି ଓ ୩୦ଦିନ ମଧ୍ୟରେ ଜବାବ ଦାଖଲ କରିବାକୁ ନିର୍ଦ୍ଦେଶ ଦିଆଯାଇଛି । ଶ୍ରୀ କୁଟ୍ଟେଙ୍କ ବିରୁଦ୍ଧରେ ଅଭିଯୋଗ ପ୍ରମାଣିତ ହେଲେ, ତାଙ୍କୁ ଚାକିରିରୁ ବରଖାସ୍ତ ହେବାକୁ ପଡିପାରେ ଅବା ତାଙ୍କୁ ପଦୋବନତି ଭଳି କାର୍ଯ୍ୟାନୁଷ୍ଠାନ ଭୋଗିବାକୁ ପଡିବ ବୋଲି ଜଣାପଡିଛି । ସେହିପରି ଆଇପିଏସ୍ ଆଶୀଷ ସିଂଙ୍କ ବିରୁଦ୍ଧରେ ବି ଅଗଷ୍ଟ ୬ତାରିଖରେ ଚାର୍ଜସିଟ୍ ଜାରି ହୋଇଛି ।ରାଜ୍ୟ ଗୃହ ବିଭାଗର ତଥ୍ୟ ଅନୁସାରେ, ବିଜେଡି ସରକାରରେ ସବୁଠୁ ପାୱାରଫୁଲ ଅଫିସର ୧୯୯୭ ବ୍ୟାଚ୍ ଆଇପିଏସ୍ ଶ୍ରୀ କୁଟ୍ଟେଙ୍କ ବିରୁଦ୍ଧରେ ବିଭାଗୀୟ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ପ୍ରକ୍ରିୟା ଆରମ୍ଭ ହୋଇଛି । ଅଗଷ୍ଟ ୨୧ତାରିଖରେ ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ସଚିବ ତାଙ୍କୁ ବିରୁଦ୍ଧରେ ରହିଥିବା ସଙ୍ଗୀନ ଅଭିଯୋଗକୁ ଆଧାର କରି ଚାର୍ଜସିଟ୍ ଜାରି କରିଛନ୍ତି । ୩୦ଦିନ ମଧ୍ୟରେ ତାଙ୍କୁ ଜବାବ ଦେବା ପାଇଁ ନିର୍ଦ୍ଦେଶ ଦିଆଯାଇଛି । ସାଧାରଣ ନିର୍ବାଚନ ପରିଚାଳନାରେ ହସ୍ତକ୍ଷେପର ସଙ୍ଗୀନ ଅଭିଯୋଗ ତାଙ୍କ ବିରୁଦ୍ଧରେ ରହିଛି । ଆଇପିଏସ୍ ଶ୍ରୀ କୁଟ୍ଟେଙ୍କୁ ଜାରି ଚାର୍ଜସିଟ ଅନୁସାରେ, ସାଧାରଣ ନିର୍ବାଚନ ଚାଲିଥିବାବେଳେ ଶ୍ରୀ କୁଟ୍ଟେ ୨୦୨୪ ମେ' ୨୪ତାରିଖ ବିଳମ୍ବିତ ସନ୍ଧ୍ୟାରେ ତତକାଳୀନ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ବରିଷ୍ଠ ଆଇଏଏସ୍ ଏନ୍.ଥିରୁମାଲା ନାଏକଙ୍କୁ ବାରମ୍ବାର ଫୋନ୍ କରିଥିଲେ ଓ 'ବିଜେପିର ଏକ ନିର୍ବାଚନୀ ବିଜ୍ଞାପନ'କୁ କାହିଁକି ଅନୁମୋଦନ କଲେ ବୋଲି ପ୍ରଶ୍ନ କରି ବିରକ୍ତ ହୋଇଥିଲେ । ତୁରନ୍ତ ଉକ୍ତ ବିଜ୍ଞାପନର ଅନୁମୋଦନକୁ ପ୍ରତ୍ୟାହାର କର ଓ ତା'ଯେଭଳି ଖବରକାଗଜରେ ପ୍ରକାଶିତ ନହେବ ତାହା ସୁନିଶ୍ଚିତ କରିବାକୁ ଶ୍ରୀ କୁଟ୍ଟେ ତାଗିଦ୍ କରିଥିବାର ଶ୍ରୀ ନାଏକ ଅଭିଯୋଗ କରିଥିଲେ ବୋଲି ଚାର୍ଜସିଟରେ ଉଲ୍ଲେଖ ରହିଛି । ବରିଷ୍ଠ ଆଇଏଏସ୍ ସେତେବେଳେ ଶ୍ରୀ ନାଏକ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ଓମିଡିଆ ସାର୍ଟିଫିକେସନ ଆଣ୍ଡ ମନିଟରିଂ କମିଟି(ଏମସିଏମସି) ଅଧକ୍ଷ ଭାବେ ମଧ ଦାୟିତ୍ୱ ତୁଲାଉଥିଲେ । ସେହିପରି ଶ୍ରୀ କୁଟ୍ଟେ ତୃତୀୟ ପର୍ଯ୍ୟାୟ ଭୋଟ୍ ଗ୍ରହଣ ଦିନ ଅର୍ଥାତ୍ ମେ' ୨୫ତାରିଖରେ ଖୋର୍ଦ୍ଧା ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ ଆଇଏଏସ୍ ଚଂଚଳ ରାଣା ଓ କିଛି ପୁଲିସ ଅଫିସରଙ୍କୁ ଫୋନ୍ କରି ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରୁଥିବା ଜଣେ ପ୍ରାର୍ଥୀ(ଯଦିଓ ଦିଆଯାଇଥିବା ଚାର୍ଜସିଟରେ ପ୍ରଶାନ୍ତ ଜଗଦେବଙ୍କ ନାଁ ଉଲ୍ଲେଖ ନାହିଁ)ଙ୍କୁ ଗିରଫ କରିବା ପାଇଁ ଚାପ ପକାଇଥିଲେ । ଏନେଇ ଜିଲ୍ଲାପାଳ ଶ୍ରୀ ରାଣା ମଧ ନିର୍ବାଚନ କମିଶନଙ୍କୁ ଅବଗତ କରିଥିଲେ ।

## 'ସୁଭଦ୍ରା' ଗାଇଡଲାଇନକୁ କ୍ୟାବିନେଟ୍ ମଞ୍ଜୁରୀ: ବର୍ଷକୁ ମହିଳାଙ୍କୁ ମିଳିବ ୧୦ହଜାର ଟଙ୍କା, ୫ବର୍ଷ ଚାଲିବ ଯୋଜନା

ଭୁବନେଶ୍ୱର,୨୩।୮(ପି.ଏନ): ରାଜ୍ୟର ମହିଳାମାନଙ୍କୁ ବର୍ଷକୁ ୧୦ହଜାର ଟଙ୍କା ଲେଖାଏଁ ହାତଖର୍ଚ୍ଚ ରାଜ୍ୟ ସରକାର ଯୋଗାଇଦେବେ । ପ୍ରତିବର୍ଷ ରାକ୍ଷୀ ପୂର୍ଣ୍ଣିମା ଓ ମହିଳା ଦିବସରେ ୨ଟି କିସ୍ତିରେ ଏହି ଟଙ୍କା ମହିଳାଙ୍କ ବ୍ୟାଙ୍କ ଆକାଉଣ୍ଟକୁ ଯିବ । ସେମାନେ ନିଜ ଇଚ୍ଛାରେ ଏହି ଟଙ୍କା ଖର୍ଚ୍ଚ କରିପାରିବେ । ଆର୍ଥିକ ସ୍ୱଚ୍ଛଳ ବର୍ଗର ମହିଳା, ସରକାରୀ ଚାକିରି କରୁଥିବା ମହିଳା ଓ ଆୟକର ପ୍ରଦାନ କରୁଥିବା ମହିଳାମାନଙ୍କୁ ବାଦ୍ ଦେଇ ରାଜ୍ୟର ୨୧ବର୍ଷରୁ ଅଧିକ ଓ ୬୦ବର୍ଷରୁ କମ୍ ସମସ୍ତ ଯୋଗ୍ୟ ମହିଳାମାନେ ଏହି ଟଙ୍କା ପାଇପାରିବେ । ପ୍ରାୟ ଏକ କୋଟିରୁ ଅଧିକ ମହିଳା ବର୍ଷକୁ ଏହି ୧୦ହଜାର ଟଙ୍କା ଲେଖାଏଁ ହାତଖର୍ଚ୍ଚ ଚଳିତ ଆର୍ଥିକ ବର୍ଷରୁ ପାଇବେ । ରାଜ୍ୟରେ କ୍ଷମତାସୀନ ବିଜେପି ସରକାରର ମହତ୍ୱାକାଂକ୍ଷୀ ଯୋଜନା 'ସୁଭଦ୍ରା'ର ଗାଇଡଲାଇନକୁ ରାଜ୍ୟ କ୍ୟାବିନେଟର ମଞ୍ଜୁରୀ ମିଳିବା ପରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ବିଧାନସଭାରେ ଏହି ଘୋଷଣା କରିଛନ୍ତି । ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଏହି 'ସୁଭଦ୍ରା' ଯୋଜନା ସମ୍ପର୍କରେ ସୂଚନା ଦେଇ କହିଛନ୍ତି ଯେ, ଅଗଷ୍ଟ ୨୨ତାରିଖରେ ରାଜ୍ୟ କ୍ୟାବିନେଟ୍ ବୈଠକରେ 'ସୁଭଦ୍ରା' ଯୋଜନାକୁ ଚଳିତ ୨୦୨୪-୨୫ ଆର୍ଥିକ ବର୍ଷରୁ ୨୦୨୮-୨୯ ଆର୍ଥିକ ବର୍ଷ ପର୍ଯ୍ୟନ୍ତ କାର୍ଯ୍ୟକାରୀ କରାଯିବା ନେଇ ନିଷ୍ପତ୍ତି ହୋଇଛି ।୨୦୨୮-୨୯ ମସିହା ପର୍ଯ୍ୟନ୍ତ କାର୍ଯ୍ୟକାରୀ ହେବାକୁ ଥିବା ଏହି ଯୋଜନା ପାଇଁ ମୋଟ ୫୫୮୨୫ କୋଟିର ବଜେଟ୍ ଧାର୍ଯ୍ୟ ହୋଇଛି । ଏହି ଯୋଜନାରେ ରାଜ୍ୟର ୧କୋଟିରୁ ଅଧିକ ମହିଳାଙ୍କ ଜୀବନରେ ପରିବର୍ତ୍ତନ ଆସିବ ବୋଲି ସେ କହିଛନ୍ତି ।ସେ କହିଛନ୍ତି ଯେ, ତାଙ୍କ ସରକାର ଅନ୍ତ୍ୟୋଦୟରେ ବିଶ୍ୱାସ କରନ୍ତି । ତେଣୁ ଆର୍ଥିକ ସ୍ୱଚ୍ଛଳ ବର୍ଗର ମହିଳା, ସରକାରୀ ଚାକିରି କରୁଥିବା ମହିଳା ଓ ଆୟକର ପ୍ରଦାନ କରୁଥିବା ମହିଳମାନଙ୍କୁ ଏହି ଯୋଜନାରୁ ବାଦ୍ ଦିଆଯିବ । ସେହିପରି କୌଣସି ଯୋଜନାରେ ଯଦି କେହି ମହିଳା ମାସିକ ୧୫୦୦ଟଙ୍କା ଅବା ତଦୁର୍ଦ୍ଧ୍ୱ ସହାୟତା ଅବା ବାର୍ଷିକ ୧୮ହଜାର ଟଙ୍କାରୁ ଅଧିକ ସହାୟତା ରାଶି ପାଉଥିବେ ତା'ହେଲେ ସେ ସୁଭଦ୍ରା ଯୋଜନା ପାଇଁ ଯୋଗ୍ୟ ବିବେଚିତ ହେବେନାହିଁ ।ପ୍ରତ୍ୟେକ ହିତାଧିକାରୀଙ୍କୁ ରାକ୍ଷୀ ପୂର୍ଣ୍ଣିମା ଓ ଆନ୍ତର୍ଜାତିକ ମହିଳା ଦିବସରେ ୫ହଜାର ଟଙ୍କା ଲେଖାଏଁ ବାର୍ଷିକ ୧୦ହଜାର ଟଙ୍କା ପ୍ରଦାନ କରାଯିବ । ତେଣୁ ୫ବର୍ଷରେ ଜଣେ ଯୋଗ୍ୟ ମହିଳା ହିତାଧିକାରୀ ମୋଟ ୫୦ହଜାର ଟଙ୍କା ପାଇବେ । ସହାୟତା ପ୍ରଦାନରେ ସ୍ୱଚ୍ଛତା ଆଣିବା ପାଇଁ ଆଧାର ପେମେଂଟ ବ୍ରିଜ୍ ସିଷ୍ଟମ(ଏପିବିଏସ) ମାଧ୍ୟମରେ ଯୋଗ୍ୟ ହିତାଧିକାରୀଙ୍କ ଡିବିଟି ବ୍ୟାଙ୍କ ଆକାଉଣ୍ଟକୁ ସିଧାସଳଖ ଆର୍ଥିକ ସହାୟତା ରାଶି ପ୍ରଦାନ କରାଯିବ । ଏହାସହିତ ହିତାଧିକାରୀମାନଙ୍କୁ 'ସୁଭଦ୍ରା' ଡେବିଟ୍ କାର୍ଡ ମଧ ପ୍ରଦାନ କରାଯିବ ।




## କେନ୍ଦ୍ରାପଡା କଲେଜକୁ ସରକାରୀ ମାନ୍ୟତା ଦାବି

କେନ୍ଦ୍ରାପଡା,୨୩।୮(ପି.ଏନ) : କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟକୁ ସରକାରୀ ମହାବିଦ୍ୟାଳୟର ମାନ୍ୟତା ପ୍ରଦାନ କରିବା ପାଇଁ ମହାବିଦ୍ୟାଳୟର ଛାତ୍ରଛାତ୍ରୀମାନେ କେନ୍ଦ୍ରାପଡା ଲୋକସଭା ସାଂସଦ ବୈଜୟନ୍ତ ପଣ୍ଡାଙ୍କୁ ଭେଟି ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ସେମାନେ ଦାବିପତ୍ରରେ ଉଲ୍ଲେଖ କରିଛନ୍ତି ଯେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟ ହେଉଛି ରାଜ୍ୟର ସର୍ବପୁରାତନ ଓ ସର୍ବବୃହତ ବେସରକାରୀ ମହାବିଦ୍ୟାଳୟ । ଏହା ୧୯୫୯ମସିହାରେ ପ୍ରତିଷ୍ଠା ହୋଇଥିଲା । ଏହି ମହାବିଦ୍ୟାଳୟରୁ ଅଧ୍ୟୟନ କରି ବହୁ ଛାତ୍ରଛାତ୍ରୀ ଦେଶ ବିଦେଶରେ ସୁନାମ ଅର୍ଜନ କରିଛନ୍ତି । ଏହି ମହାବିଦ୍ୟାଳୟରେ ଏବେ ୨୫ଶହରୁ ଅଧିକ +୨ ଛାତ୍ରଛାତ୍ରୀ ଓ ୩୫ଶହରୁ ଅଧିକ +୩ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି । ଏହାବ୍ୟତିତ ୧୫ଟି ବିଷୟରେ ପିଜି ପାଠ୍ୟକ୍ରମ ରହିଥିବା ବେଳେ ସେଥିରେ ୩୫୦ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି । ଏଥିସହ ବିବିଏ, ବିସିଏ, ବି.ଲାଇବ୍ରେରୀ ଭଳି ସ୍ୱତନ୍ତ୍ର ପାଠ୍ୟକ୍ରମ ରହିଛି । ଏଥିରେ ଛାତ୍ରଛାତ୍ରୀମାନଙ୍କୁ ଶିକ୍ଷାଦାନ କରିବା ପାଇଁ ବହୁ ସୁନାମ ଧନ୍ୟ ଅଧ୍ୟାପକ, ଅଧ୍ୟାପିକା ଅଛନ୍ତି । ମହାବିଦ୍ୟାଳୟ ପରିସରରେ ଲାବୋରୋଟୋରୀ, ଜିମନାସିଅମ, ପ୍ରେକ୍ଷାଳୟ, ଛାତ୍ରାବାସ ଓ ଛାତ୍ରୀନିବାସ, ଇନଡୋର ଷ୍ଟାଡିୟମ, ପ୍ରଶାସନିକ ଭବନ ପ୍ରଭୃତି ରହିଛି । ଏହିସବୁ ସୁବିଧା ପାଇଁ ଏହି କଲେଜକୁ ନାକ୍ ମାନ୍ୟତା ମିଳିଛି । ଏହା ବିଶ୍ୱ ବିଦ୍ୟାଳୟରେ ରୂପାନ୍ତରିତ ହେବା ପାଇଁ ମଧ ଯୋଗ୍ୟ ଅଟେ ।

## ମାଟ୍ରିକ ସପ୍ଲିମେଣ୍ଟାରୀ ରେଜଲ୍ଟ ପ୍ରକାଶ

ଭୁବନେଶ୍ୱର,୨୩।୮(ପି.ଏନ): ମାଟ୍ରିକ ସପ୍ଲିମେଣ୍ଟାରୀ ରେଜଲ୍ଟ-୨୦୨୪ ଆଜି ପ୍ରକାଶ ପାଇଛି । ଏଥର ମୋଟ ୭୯୬ ଜଣ ପିଲା ପରୀକ୍ଷା ଦେଇଥିଲେ । ସେମାନଙ୍କ ମଧ୍ୟରୁ ୪୪୧ ଜଣ ପାସ୍ କରିଛନ୍ତି । ଅର୍ଥାତ୍ ପାସ୍ ହାର ୫୫.୪% ରହିଛି । ସେହିପରି ଆଜି ଷ୍ଟେଟ ଓପନ୍ ସ୍କୁଲ ସାର୍ଟିଫିକେଟ ପରୀକ୍ଷା (ଏସ୍‌ଓଏସ୍‌ସି) ରେଜଲ୍ଟ ମଧ ପ୍ରକାଶ ପାଇଛି । ଏଥିରେ ସମସ୍ତ ୫ଟି ବିଷୟରେ ୧୬ ହଜାର ୯୦୮ ଜଣ ପରୀକ୍ଷା ଦେଇଥିବା ବେଳେ ୯୪୩୫ ଜଣ ପାସ୍ କରିଛନ୍ତି । ଅର୍ଥାତ୍ ପାସ୍ ହାର ୫୫.୮୭% ରହିଛି ।

## ଭୁଲରେ ଏଲଓସି ଡେଇଁ ପାକିସ୍ତାନରେ ଲ୍ୟାଣ୍ଡ କଲା ସେନା ଡ୍ରୋନ୍



ଭୁବନେଶ୍ୱର,୨୩।୮(ପି.ଏନ): ଭାରତୀୟ ସ୍ଥଳ ସେନାର ଗୋଟିଏ ସାମରିକ ଡ୍ରୋନ୍ ଭୁଲବଶତଃ ଏଲଓସି ଡେଇଁ ପାକିସ୍ତାନରେ ଲ୍ୟାଣ୍ଡ କରିଛି । ଜମ୍ମୁ-କଶ୍ମୀରର ରଜୌରୀ ସେକ୍ଟରରେ ଡ୍ରୋନ ଉଡୁଥିବା ବେଳେ ନିୟନ୍ତ୍ରଣ ହରାଇ ସୀମା ସେପଟକୁ ଚାଲି ଯାଇଛି । ସୀମା ସେପଟେ ଏହା ଲ୍ୟାଣ୍ଡ କରିବାରୁ ପାକିସ୍ତାନ ସେନା ଏହାକୁ ଜବତ କରିନେଇଛି ।ଆଜି ସକାଳ ୯.୩୦ରେ ଏପରି ଘଟଣା ଘଟିଥିଲା । ଆର୍ମି ଡ୍ରୋନଟି ନିୟମିତ ସର୍ଭେଲାନ୍ସ ପାଇଁ ଉଡାଣ ଭରିବାର କିଛି ସମୟ ପରେ ଏପରି ଘଟଣା ଘଟିଛି ।

## ଗିରଫ ହେଲେ ଢେଙ୍କାନାଳ ସଦର ରେଞ୍ଜର ବିଭୁଦାନନ୍ଦ ମିଶ୍ର; ଆୟ ବହିର୍ଭୂତ ସଂପତ୍ତି ସହ ଘରେ ପାଳିଥିଲେ ମୟୂର

ଭୁବନେଶ୍ୱର,୨୩।୮(ପି.ଏନ) : ଗିରଫ ହେଲେ ଢେଙ୍କାନାଳ ସଦର ରେଞ୍ଜର ବିଭୁଦାନନ୍ଦ ମିଶ୍ର । ଆୟ ବହିର୍ଭୂତ ସଂପତ୍ତି ଠୁଳ ଅଭିଯୋଗରେ ଗିରଫ କଲା ଭିଜିଲାନ୍ସ । ରେଞ୍ଜରଙ୍କ ଭୁବନେଶ୍ୱରରେ ଗୋଟିଏ, ହାଇଦ୍ରାବାଦରେ ୨ଟି ଫ୍ଲାଟ ଠାବ ହୋଇଛି । ଭୁବନେଶ୍ୱର ଓ ଢେଙ୍କାନାଳରେ ରେଞ୍ଜରଙ୍କ ୮ଟି ପ୍ଲଟ ରହିଛି । ଆଠଗଡ଼ରେ ମଧ ୨ କୋଟି ଟଙ୍କା ମୂଲ୍ୟର ଫାର୍ମ ହାଉସ ଠାବ କରାଯାଇଛି ।୧ କୋଟିରୁ ଉର୍ଦ୍ଧ୍ୱ ଟଙ୍କାର ବ୍ୟାଙ୍କ ଜମା, ନଗଦ ୫.୧୫ ଲକ୍ଷ ଟଙ୍କା ଜବତ ହୋଇଛି । ୫୫୭ ଗ୍ରାମର ସୁନା ଅଳଙ୍କାର ମଧ ଠାବ କଲା ଭିଜିଲାନ୍ସ । ସବୁଠୁ ବଡ଼ କଥା ହେଉଛି ଘରେ ଜାତୀୟ ପକ୍ଷୀ ରଖିଥିଲେ ରେଞ୍ଜର ବାବୁ । ତେବେ କାହା ସାହସରେ ମୟୂର ରଖିଥିଲେ ରେଞ୍ଜର ସାର୍ । କିଏ ଅନୁମତି ଦେଇଥିଲା ନା ନିଜ ପାୱାରରେ ମୟୂର ପାଳିଥିଲେ ରେଞ୍ଜର ବିଭୁଦାନନ୍ଦ ମିଶ୍ର । ଆହୁରି ସଠିକ୍ ତଦନ୍ତ ହେଲେ ଏସବୁ କଥା ସାମ୍ନାକୁ ଆସିବ ।

## ଆଖି ବୁଜିଲା ଦୁଷ୍କର୍ମ ଅଭିଯୁକ୍ତ,ପିଇଥିଲା ମୂଷା ମରା ଔଷଧ



ଭୁବନେଶ୍ୱର,୨୩।୮(ପି.ଏନ): ନକଲି ଏନସିସି କ୍ୟାମ୍ପରେ ଜଣେ ନାବାଳିକାଙ୍କୁ ଦୁଷ୍କର୍ମ କରିଥିବା ଅଭିଯୋଗରେ ଗିରଫ ହୋଇଥିବା ଏନଟିକେର ପୂର୍ବତନ କାର୍ଯ୍ୟକର୍ତ୍ତା ଏନ ଶିବରମଣର ମୃତ୍ୟୁ ଘଟିଛି । ତାମିଲନାଡୁର ସାଲେମ ଠାରେ ଥିବା ଗୋଟିଏ ହସ୍ପିଟାଲରେ ଚିକିତ୍ସାଧୀନ ଅବସ୍ଥାରେ ସେ ଆଖି ବୁଜିଛି ।ପୁଲିସ୍ ଦୁଷ୍କର୍ମ ଅଭିଯୋଗରେ ତା'କୁ ଧରିବାକୁ ଯାଇଥିବା ବେଳେ ସେ ଖସି ଯିବାକୁ ଚେଷ୍ଟା କରୁଥିଲା । ଏହି ସମୟରେ ସେ ମୂଷା ମରା ଔଷଧ ମଧ ପିଇ ଦେଇଥିଲା । ତଥାପି ପୁଲିସ୍ ତା'କୁ ଗିରଫ କରିଥିଲା । ଗିରଫ ପରେ ତା'ର ଚିକିତ୍ସା ଚାଲିଥିଲେ ହେଁ ଆଜି ସେ ପ୍ରାଣ ହରାଇଛି ।୩୦ ବର୍ଷୀୟ ଶିବରମଣକୁ ପୁଲିସ୍ ଅଗଷ୍ଟ ୧୮ ତାରିଖରେ ଗିରଫ କରିବାକୁ ଯାଇଥିଲା । ଏହି ସମୟରେ ସେ ଖସି ଯିବାକୁ ଚେଷ୍ଟା କରି ଅସଫଳ ହୋଇଥିଲା । କିନ୍ତୁ ଏହି ଧରପଗଡ ଭିତରେ ତା'ର ଗୋଡ ଭାଙ୍ଗି ଯାଇଥିଲା । ତେଣୁ ତା'କୁ ଗିରଫ ପରେ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲ । ଚିକିତ୍ସା ଚାଲିଥିବା ବେଳେ ସେ ବିଷ ପିଇଥିବା ମଧ ପୁଲିସ୍ ଆଗରେ ସ୍ୱୀକାର କରିଥିଲା ।

## ଜମ୍ମୁ ଓ କଶ୍ମୀରର ଅଲଗା ପତାକାକୁ ରାହୁଲ ସମର୍ଥନ କରନ୍ତି କି ? : ଅମିତ ଶାହା

ନୂଆଦିଲ୍ଲୀ: ଜମ୍ମୁ-କଶ୍ମୀର ବିଧାନସଭା ନିର୍ବାଚନ ପାଇଁ କଂଗ୍ରେସ ଓ ନ୍ୟାସନାଲ କନଫରେନ୍ସ ମଧ୍ୟରେ ମେଣ୍ଟ ଘୋଷଣା ହୋଇଥିବା ବେଳେ ନିଜେ ରାହୁଲ ଗାନ୍ଧି ଜମ୍ମୁ-କଶ୍ମୀର ଯାଇ ଏନସି ନେତାମାନଙ୍କୁ ଭେଟିଛନ୍ତି । ଏବେ ଏହି ମେଣ୍ଟ କୁ ନେଇ ଦେଶର ଗୃହମନ୍ତ୍ରୀ ଅମିତ ଶାହ କଂଗ୍ରେସ ଓ ରାହୁଲ ଗାନ୍ଧିଙ୍କୁ କେତେକ ପ୍ରଶ୍ନ ପଚାରିଛନ୍ତି । ଅମିତ ଶାହା କହିଛନ୍ତି ଯେ କ୍ଷମତା ଲୋଭରେ ବାରମ୍ବାର ଦେଶର ଏକତା ଓ ନିରାପତ୍ତା ସହ ଖେଳୁଥିବା କଂଗ୍ରେସ ଦଳ ଜମ୍ମୁ-କଶ୍ମୀର ନିର୍ବାଚନରେ ଅବଦୁଲ୍ଲା ପରିବାରର ନ୍ୟାସନାଲ କନଫରେନ୍ସ ସହ ମେଣ୍ଟ କରି ପୁଣି ଥରେ ନିଜ ଉଦ୍ଦେଶ୍ୟକୁ ଦେଶ ସାମ୍ନାରେ ରଖିଛି । ନ୍ୟାସନାଲ କନଫରେନ୍ସ ର ଇସ୍ତାହାରକୁ ନେଇ କଂଗ୍ରେସକୁ କଡା ପ୍ରଶ୍ନ ପଚାରିଛନ୍ତି ଅମିତ ଶାହା । ଏହି ମେଣ୍ଟ ଘୋଷଣା ପୂର୍ବରୁ ନ୍ୟାସନାଲ କନଫରେନ୍ସ ନେତା ଓମାର ଅବଦୁଲ୍ଲା ଦଳର ଇସ୍ତାହାର ଜାରି କରିଥିଲେ, ଯେଉଁଥିରେ ସେ ଧାରା ୩୭୦ ପୁଣି ଲାଗୁ ପାଇଁ ପ୍ରତିଶ୍ରୁତି ଦେଇଥିଲେ । ଏହାକୁ ନେଇ ଅମିତ ଶାହା କଂଗ୍ରେସକୁ ଟାର୍ଗେଟ କରିଛନ୍ତି ।ଶାହା ପ୍ରଶ୍ନ କରିଛନ୍ତି ଯେ ଧାରା ୩୭୦ ଏବଂ ଧାରା ୩୫ଏ ଫେରାଇ ଆଣି ଜମ୍ମୁ-କଶ୍ମୀରକୁ ପୁଣି ଅଶାନ୍ତି ଓ ଆତଙ୍କବାଦର ଯୁଗକୁ ଠେଲିଦେବା ପାଇଁ ନ୍ୟାସନାଲ କନଫରେନ୍ସର ନିଷ୍ପତ୍ତିକୁ ରାହୁଲ ଗାନ୍ଧୀ ଏବଂ କଂଗ୍ରେସ ଦଳ ସମର୍ଥନ କରୁଛନ୍ତି କି ? କଶ୍ମୀରର ଯୁବକଙ୍କ ପରିବର୍ତ୍ତେ ? ପାକିସ୍ତାନ ସହ ଆଲୋଚନା କରି ବିଚ୍ଛିନ୍ନତାବାଦକୁ ପୁନରୁଦ୍ଧାର କରିବାକୁ କଂଗ୍ରେସ ସମର୍ଥନ କରୁଛି କି ?

## ଦୁଷ୍କର୍ମ ଓ ହତ୍ୟା ଘଟଣାର ପୂର୍ବ ରାତିରେ କ'ଣ ସବୁ ଘଟିଥିଲା ? ସିବିଆଇ ତଦନ୍ତରୁ କ'ଣ ମିଳିଛି ?




ଭୁବନେଶ୍ୱର,୨୩।୮(ପି.ଏନ): କୋଲକାତା ଆର ଜି କର ମେଡିକାଲ କଲେଜ ଓ ହସ୍ପିଟାଲରେ ଦୁଷ୍କର୍ମ ଓ ହତ୍ୟାର ଶିକାର ହୋଇଥିବା ମହିଳା ଡାକ୍ତରଙ୍କ ୪ ଜଣ ସହକର୍ମୀଙ୍କ ମିଛ ଧରା ପରୀକ୍ଷା କରିବ ସିବିଆଇ । ସେମାନେ ଘଟଣା ଘଟିବାର ରାତିରେ ମହିଳା ଡାକ୍ତରଙ୍କ ସହ ରହିଥିଲେ ।ସେମାନଙ୍କ ବୟାନରେ ତାଳମେଳ ରହୁ ନଥିବାରୁ ସିବିଆଇ ସମସ୍ତଙ୍କର ପଲିଗ୍ରାଫ ଟେଷ୍ଟ କରିବ । ଏହି ୪ ଜଣଙ୍କ ମଧ୍ୟରେ ୨ ଜଣ ପ୍ରଥମ ବର୍ଷ ସ୍ନାତୋକ ଟ୍ରେନି, ଜଣେ ହାଉସ ସର୍ଜନ ଓ ଜଣେ ଇଣ୍ଟର୍ଣ୍ଣ ରହିଛନ୍ତି ।ସିବିଆଇ ତା' ତଦନ୍ତରୁ ଜାଣିବାକୁ ପାଇଛି ଯେ ୪ ଡାକ୍ତର ଅପରାଧରେ ସାମିଲ ନାହାନ୍ତି । କିନ୍ତୁ ସେମାନେ ପ୍ରମାଣ ନଷ୍ଟ ପାଇଁ କିଛି ହେରଫେର କରିଛନ୍ତି କି କିମ୍ବା ସମ୍ଭାବ୍ୟ ଷଡଯନ୍ତ୍ରର ଅଂଶବିଶେଷ କି ନାହିଁ, ସେକଥା ସିବିଆଇ ନିଶ୍ଚିତ କରିବାକୁ ଚାହୁଁଛି । ସେହିପରି ତଦନ୍ତକାରୀ ସଂସ୍ଥା ଦୁଷ୍କର୍ମ ଓ ହତ୍ୟା ଘଟଣା ପୂର୍ବରୁ ରାତିରେ କ'ଣ ସବୁ ଘଟିଥିଲା, ତା'ର ତଥ୍ୟକୁ ମଧ ଏକାଠି କରିଛି ।ତଦନ୍ତକାରୀ ସଂସ୍ଥାର ଟାଇମ ଲାଇନ ଅନୁଯାୟୀ, ସ୍କାନରରେ ଥିବା ୪ ଜଣଙ୍କ ମଧ୍ୟରୁ ଜଣେ ସକାଳ ପ୍ରାୟ ୯.୩୦ରେ ସେମିନାର ରୁମରେ କ୍ଷତାକ୍ତ ମୃତଦେହ ଦେଖିଥିଲେ ଓ ଅଧିକାରୀଙ୍କୁ ଖବର ଦେଇଥିଲେ । ସିବିଆଇ ତଦନ୍ତ ଦାୟିତ୍ୱ ହାତକୁ ନେବା ପୂର୍ବରୁ କୋଲକାତା ପୁଲିସ୍ ? ମଧ ଏମାନଙ୍କୁ ପଚରାଉଚରା କରିଥିଲା ।

## ଗୃହରେ ଅବକାରୀ ମନ୍ତ୍ରୀଙ୍କ ବୟାନ, କହିଲେ- 'ଓଡ଼ିଶାରେ ଡ୍ୟାନ୍ସ ବାର୍ ସଂପୂର୍ଣ୍ଣ ବନ୍ଦ ହେବ'

ଭୁବନେଶ୍ୱର,୨୩।୮(ପି.ଏନ) : ରାଜ୍ୟରେ ଡ୍ୟାନ୍ସ ବାର୍ ସଂପୂର୍ଣ୍ଣ ବନ୍ଦ ହେବ କହିଲେ ଅବକାରୀ ମନ୍ତ୍ରୀ । ଗୃହରେ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ସୂଚନା । ଓଡିଆ ଅସ୍ମିତାକୁ ନେଇ ନୂଆ ଅବକାରୀ ନୀତି ଅଣାଯିବ । ସ୍କୁଲ, କଲେଜ, ମନ୍ଦିର ପାଖରେ ମଦ ଦୋକାନ ରହିବନି । ଶିକ୍ଷାନୁଷ୍ଠାନ ଓ ମନ୍ଦିର ଠାରୁ ଯଥେଷ୍ଟ ଦୂରରେ ରହିବ ମଦ ଦୋକାନ ।ଚୋରା ମଦ କାରବାର ନେଟୱାର୍କର ମୂଳୋତ୍ପାଟନ ହେବ ।ମାନ୍ୟବର ବିଧାୟକ ଶ୍ରୀଯୁକ୍ତ ରାମ ଚନ୍ଦ୍ର କାଡାମ ଓ ଶ୍ରୀଯୁକ୍ତ ଅଶୋକ କୁମାର ଦାସ ଆଣିଥିବା ମୁଲତବୀ ପ୍ରସ୍ତାବ "ଗଞ୍ଜାମ ଜିଲ୍ଲା ଚିକିଟି ଅଞ୍ଚଳରେ ଘଟିଥିବା ବିଷାକ୍ତ ମଦ ମୃତ୍ୟୁ ମାମଲାର ତଦନ୍ତ ଓ କାର୍ଯ୍ୟାନୁଷ୍ଠାନ ପରିବର୍ତ୍ତେ ? ସତ୍ୟ ଓ ତଥ୍ୟ ଲୁଚାଇବାକୁ ସରକାରଙ୍କ ଉଦ୍ୟମ ଯୋଗୁଁ ବ୍ୟାପକ ଜନ ଅସନ୍ତୋଷ " ର ଉତ୍ତର ରଖିଛନ୍ତି ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ । ଉତ୍ତରରେ ସେ କହିଛନ୍ତି ଯେ ଅଗଷ୍ଟ ୧୯ ତାରିଖରେ ଗଞ୍ଜାମ ଜିଲ୍ଲା କେ,ନୂଆଗାଁ ଥାନା ଅନ୍ତର୍ଗତ ମୌନ୍ଦପୁର ଗ୍ରାମରେ ବେଆଇନ ଦେଶୀ ମଦ ପିଇବା କାରଣରୁ ପେଟ ଯନ୍ତ୍ରଣା ଓ ବାନ୍ତି ଭଳି ଲକ୍ଷଣ ଦେଖାଯିବାର ସୂଚନା ଜିଲ୍ଲା ପ୍ରଶାସନର ହସ୍ତଗତ ହୋଇଥିଲା ।ତେବେ ପରେ ଚିକିଟିର ସିଏଚ୍‌ସିରେ ଭର୍ତ୍ତି ହୋଇଥିବା ୧୮ ଜଣ ରୋଗୀଙ୍କୁ ତୁରନ୍ତ ପ୍ରାଥମିକ ଚିକିତ୍ସା ପ୍ରଦାନ କରାଯିବା ସହ ବ୍ରହ୍ମପୁର ଏମକେସିଜି ମେଡିକାଲ କଲେଜ ଓ ହସ୍ପିଟାଲର ଆଇସିୟୁ ଓ କାଜୁଆଲିଟି ୱାର୍ଡରେ ଅତିରିକ୍ତ ରୋଗୀଙ୍କୁ ରଖିବା ପାଇଁ ମଧ ସତର୍କ କରାଯାଇଥିଲା ।ଚିକିଟିରେ ପ୍ରାଥମିକ ଚିକିତ୍ସା ପରେ ୧୫ ଜଣଙ୍କୁ ଅଧିକ ଚିକିତ୍ସା ପାଇଁ ବ୍ରହ୍ମପୁର ଏମକେସିଜି ମେଡିକାଲ କଲେଜ ଓ ହସ୍ପିଟାଲ କୁ ସ୍ଥାନାନ୍ତର କରାଯାଇଥିଲା । ଅତିରିକ୍ତ ରୋଗୀଙ୍କ ଯାତାୟାତ ସହାୟତା ନିମନ୍ତେ ପ୍ରସ୍ତୁତ ରହିବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ଓଏସଆରଟିସି ବସର ବ୍ୟବସ୍ଥା କରାଯାଇଥିଲା । ଗୁରୁତର ରୋଗୀଙ୍କ ଯାତାୟାତ ପାଇଁ ୧୦୮ ଆମ୍ବୁଲାନ୍ସ ସେବା ସମେତ ଆଖପାଖ ବ୍ଲକରୁ ଆମ୍ବୁଲାନ୍ସ ମୁତୟନ କରାଯାଇଥିଲା । ଗୁରୁତର ୨ ଜଣ ରୋଗୀଙ୍କୁ ତୁରନ୍ତ ୧୦୮ ଆମ୍ବୁଲାନ୍ସଯୋଗେ ବ୍ରହ୍ମପୁର ଏମକେସିଜିକୁ ସ୍ଥାନାନ୍ତର କରାଯିବା ସହ ଅନ୍ୟ ରୋଗୀ ମାନଙ୍କୁ ମଧ ସ୍ଥାନାନ୍ତର କରାଯାଇଥିଲା ।








# ଟି ଟାଇମ୍

## ଭୂତଙ୍କ ମେଳା

ମେଳା ତ ଅନେକ ରହିଥାଏ। ମେଳାକୁ ଆକର୍ଷଣୀୟ କରିବା ପାଇଁ କେତେକ ସ୍ଥାନରେ ଗୋରୁଗାଈ ତ ଆଉ କେଉଁଠି କଣ୍ଢେଇ, ଖେଳନାମାନ ବିକ୍ରି କରାଯାଇଥାଏ। ହେଲେ ଭୂତମାନଙ୍କୁ ନେଇ କେବେ କୌଣସି ମେଳା ହେଉଥିବା ବିଷୟରେ ଶୁଣିଛନ୍ତି। କିନ୍ତୁ ଏପରି ଏକ ମେଳା ମିର୍ଜାପୁରର କୋହରୋରାର ବରହି ଗ୍ରାମରେ ବେଚୁବୀର ବାବାଙ୍କ ସମାଧି ଉପରେ ହୋଇଥାଏ। ଏହି ମେଳାରେ ଭୂତ, ପ୍ରେତ ଏବଂ ଡାହାଣୀମାନଙ୍କର ମେଳା ହୋଇଥାଏ। ଅନ୍ଧବିଶ୍ୱାସ ସହିତ ଜଡ଼ିତ ଏହି ମେଳାରେ ଭୂତ-ପ୍ରେତଙ୍କ ପ୍ରକୋପରୁ ଲୋକମାନଙ୍କୁ ମୁକ୍ତି ଦିଆଯାଇଥାଏ। ଅନ୍ଧବିଶ୍ୱାସର ଏ ସମସ୍ତ ଖେଳ ସ୍ଥାନୀୟ ପୋଲିସ କର୍ମଚାରୀମାନଙ୍କ ସାମ୍ନାରେ ହୋଇଥାଏ। ଏହି ମେଳା ୩୫୦ବର୍ଷରୁ ହୋଇଆସିଲାଣି। ଅନ୍ଧବିଶ୍ୱାସର ଏହି ମେଳାରେ ଅଭିଯୋଗ ନେଇ ମଣିଷମାନେ ଆସିଥାନ୍ତି। ଯଦି କୌଣସି ବ୍ୟକ୍ତିଙ୍କ ଉପରେ ଭୂତ କିମ୍ବା ପ୍ରେତଙ୍କର ପ୍ରଭାବ ରହିଥାଏ ତେବେ ତାଙ୍କୁ ଏହି ସଂକଟରୁ କେବଳ ବେଚୁବିର ବାବା ହିଁ ମୁକ୍ତ କରିପାରିବେ। ଏଠାକୁ ଅନେକ ଦୂର ଦୂରାନ୍ତରୁ ଲୋକମାନେ ଚିକିତ୍ସା କରିବା ପାଇଁ ଆସିଥାନ୍ତି। ବେଚୁ ବାବାଙ୍କ ସମାଧିର ଦେଖାଶୁଣା ତାଙ୍କର ଏହି ଛଅ ବଶଂଜ କରିଥାନ୍ତି। ଏଠାରେ ଭୂତ-ପ୍ରେତଙ୍କ ବ୍ୟତୀତ ନିଃସନ୍ତାନ ଲୋକମାନେ ମଧ୍ୟ ଆସିଥାନ୍ତି।

## ୧୦୬୮ଟଙ୍କାର କିଟ୍‌କାଟ୍

ଯଦି ଆପଣ ଚକୋଲେଟ୍ ଖାଇବାର ସୌଖୀନ୍ ତେବେ ଆପଣଙ୍କ ପାଇଁ ଏକ ବଡ଼ ଖୁସି ଖବର। ପ୍ରସିଦ୍ଧ କମ୍ପାନୀ ନେସ୍‌ଲେ ଜାପାନରେ ଗୋଟିଏ ନୂଆ ପ୍ରଡ଼କ୍ଟ ଲଞ୍ଚ କରିଛନ୍ତି । ଏହି ପ୍ରଡ଼କ୍ଟ ହେଉଛି ଗୋଟିଏ ଚକୋଲେଟ୍। କିନ୍ତୁ ଏହା ଏକ ସାଧାରଣ ଚକୋଲେଟ୍ ନୁହେଁ। ସୁନାରେ ପ୍ରସ୍ତୁତ ଚକୋଲେଟ୍। ନେସ୍‌ଲେ ଏହି ଚକୋଲେଟ୍‌ର ଉତ୍ପାଦନ କମ୍ପାନୀର ଚକଲେଟ୍ରୀ ବୁଟିକ୍ ପାଇଁ କରିଛନ୍ତି । ଏହାକୁ ଖାଇବା ଯୋଗ୍ୟ କରିବା ପାଇଁ ସେଥିରେ ସୁନାରେ ପତଳା କୋର୍ଟ ଦିଆଯାଇଛି । ଏବେ ଚକୋଲେଟ୍‌କୁ ୱାନ୍ ଫିଙ୍ଗର କିଟ୍‌କାଟ୍ ଚକୋଲେଟ୍ ଆକାରରେ ଲଞ୍ଚ କରାଯାଇଛି । ମିଳିଥିବା ସୂଚନା ଅନୁଯାୟୀ କମ୍ପାନୀ ଡିସେମ୍ବରର ଶେଷ ଆଡ଼କୁ ୫୦୦ ଚକୋଲେଟ୍‌କୁ ଜାପାନ୍‌ର ୮ଟି କିଟ୍‌କାଟ୍ ବୁଟିକ୍‌ରେ ବିକ୍ରି କରିବେ



। ସୁନାର ପରସ୍ତ ପଡ଼ିଥିବା ଏହି ଚକୋଲେଟ୍‌ର ଜାପାନ ମୂଲ୍ୟ ୨,୦୧୬ୟେନ୍(୧୬ଡଲାର) ଦାମରେ ବିକ୍ରି କରାଯିବ । ଯାହାର ଭାରତୀୟ ମୂଲ୍ୟ ୧.୦୬୮ଟଙ୍କା ହେବ । ଜାପାନରେ ନେସଲେ ୩୦ପ୍ରକାରର କିଟ୍‌କାଟ୍ ବିକ୍ରି କରିଥାଏ ।

## ଖରିଫ୍ ଧାନ ସଂଗ୍ରହ ପାଇଁ ଚାଷୀ ନାମପଂଜୀକରଣରେ ୧୩ ପ୍ରତିଶତ ବୃଦ୍ଧି

ଭୁବନେଶ୍ୱର,(ପିଏନ)-୨୦୨୦-୨୧ ଖରିଫ୍ ବିପଣନ ଋତୁରେ ମୂଲ୍ୟ ସହାୟକ ଯୋଜନାରେ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ଚାଷୀ ନାମ ପଂଜୀକରଣ ଗତବର୍ଷ ତୁଳନାରେ ଉଲ୍ଲେଖନୀୟ ୧୩ ପ୍ରତିଶତ ବୃଦ୍ଧି ପାଇଛି । ୨୦୨୦-୨୧ ଖରିଫ୍ ଧାନ ସଂଗ୍ରହ ପାଇଁ ଅଦ୍ୟାବଧି ମୋଟ ୧୪ ଲକ୍ଷ ୨ ହଜାର ୨୦୫ ଜଣ ଚାଷୀ ଅନ୍ ଲାଇନ୍ ଜରିଆରେ ସେମାନଙ୍କ ନାମ ପଂଜୀକରଣ କରିଛନ୍ତି। ଗତବର୍ଷ ୨୦୧୯-୨୦ ଖରିଫ୍ ଧାନ ନିମନ୍ତେ ୧୨ ଲକ୍ଷ ୩୫ ହଜାର ୯୦୮ ଜଣ ଚାଷୀ ନାମ ପଂଜୀକରଣ କରିଥିଲେ ।

କୋଭିଡ୍-୧୯ ସ୍ଥିତିରେ ସରକାରଙ୍କ ସମସ୍ତ ମାର୍ଗଦର୍ଶିକା ଓ ସାମାଜିକ ଦୂରତ୍ୱ ଅନୁପାଳନ କରି ବିଭାଗ ଦ୍ୱାରା ପ୍ୟାକ୍ସ ଓ ଲ୍ୟାମ୍ପସ୍ ମାଧ୍ୟମରେ ଚାଷୀ ନାମ ପଂଜୀକରଣ କାର୍ଯ୍ୟ ସୁରୁଖୁରୁରେ କରାଯାଇପାରିଛି ଏବଂ ଗତବର୍ଷ ତୁଳନାରେ ୧ ଲକ୍ଷ ୬୬ ହଜାର ୨୯୭ ଜଣ ଅଧିକ ଚାଷୀ ସେମାନଙ୍କ ଖରିଫ୍ ଧାନ ବିକିବା ନିମନ୍ତେ ନାମ ପଂଜୀକରଣ କରିଥିବାରୁ ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ସମସ୍ତ କୃଷକ ଭାଇ ଏବଂ ବିଭାଗୀୟ ଅଧିକାରୀ ଓ କର୍ମଚାରୀଙ୍କୁ ସାଧୁବାଦ ଜଣାଇଛନ୍ତି। ରାଜ୍ୟର ୩୦ଟି ଜିଲ୍ଲାରେ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ୨୮୫୨ଟି ପ୍ୟାକ୍ସ ଜରିଆରେ ନାମ ପଂଜୀକରଣ କାର୍ଯ୍ୟ କରାଯାଉଛି। ୨୦୨୦-୨୧ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ରାଜ୍ୟର ପ୍ରାୟ ପ୍ରତିଟି ଜିଲ୍ଲାରେ ଗତବର୍ଷ ତୁଳନାରେ ନାମ ପଂଜୀକରଣ ସଂଖ୍ୟା ବୃଦ୍ଧି ପାଇଥିବାବେଳେ ନୂଆପଡ଼ା ଜିଲ୍ଲାରେ ଉଲ୍ଲେଖନୀୟ ୩୫ ପ୍ରତିଶତ ବୃଦ୍ଧିପାଇଛି। ଏତଦ୍ ବ୍ୟତୀତ ବଲାଙ୍ଗୀର ଓ ଯାଜପୁର ଜିଲ୍ଲାରେ ୨୯ ପ୍ରତିଶତ ବୃଦ୍ଧି ପାଇଥିବାବେଳେ ମୟୂରଭଞ୍ଜ ଜିଲ୍ଲାରେ ୨୮ ପ୍ରତିଶତ, ଝାରସୁଗୁଡ଼ାରେ ୨୩ ପ୍ରତିଶତ, ଦେବଗଡ଼ରେ ୨୨ ପ୍ରତିଶତ, ଭଦ୍ରଖରେ ୨୦ ପ୍ରତିଶତ, ଢେଙ୍କାନାଳରେ ୧୯ ପ୍ରତିଶତ, ଅନୁଗୋଳ, ଜଗତସିଂହପୁର ଓ କୋରାପୁଟରେ ୧୮ ପ୍ରତିଶତ ଲେଖାଏଁ ନାମ ପଂଜୀକରଣ ବୃଦ୍ଧି ପାଇଛି। ସେହିପରି କଟକ ଜିଲ୍ଲାରେ ଚାଷୀ ନାମ ପଂଜୀକରଣ ୧୭ ପ୍ରତିଶତ, ସମ୍ବଲପୁରରେ ୧୬ ପ୍ରତିଶତ, ବାଲେଶ୍ୱର ୧୫ ପ୍ରତିଶତ, ବରଗଡ଼ରେ ୧୫ ପ୍ରତିଶତ ଏବଂ ସୁନ୍ଦରଗଡ଼ରେ ୧୩ ପ୍ରତିଶତ ବୃଦ୍ଧି ପାଇଛି।

# ପୁରାଣ କାହାଣୀ

## ହଜିଯାଇଥିବା ଜିନିଷ ଖୋଜି ଆଣିବ ସୁଦର୍ଶନ ଚକ୍ର



ଜୀବନରେ କୌଣସି ଜିନିଷ ହଜିଯିବା, କେଉଁଠି ରଖି ଭୁଲିଯିବା, ହଜିଯାଇଥିବା ଜିନିଷ ଖୋଜିଲେ ନ ମିଳିବା ଆଦି ସମସ୍ୟା ସ୍ୱାଭାବିକ୍ ଭାବେ ଘଟିଥାଏ । ଯାହା ମନକୁ ଭାରାକ୍ରାନ୍ତ କରିଦିଏ। ଏଭଳି ପରିସ୍ଥିତିରେ କାର୍ତ୍ତବିର୍ଯ୍ୟାର୍ଜୁନ୍ ରାଜା ଯିଏ ହେୟ ବଂଶର ତଥା ଭଗବାନ ବିଷ୍ଣୁଙ୍କ ସୁଦର୍ଶନ ଚକ୍ରର ଅବତାର ବୋଲି କୁହାଯାଇଥାଏ। ତାଙ୍କର ସାଧନା କରିବା ଦ୍ୱାରା ଏହି ସବୁ ସମସ୍ୟାରୁ ତୁରନ୍ତ ମୁକ୍ତି ମିଳିଥାଏ। ପୁରାଣରେ ବର୍ଣ୍ଣିତ ହୋଇଛି ଯେ ସୁଦର୍ଶନ ଚକ୍ର ଯେ କୌଣସି ଦିଗକୁ ଯାଇ ହଜିଥିବା ଜିନିଷ ଖୋଜି ଆଣିବାରେ ସାହାଯ୍ୟ କରିଥାଏ। ଏହାର ସାଧନା ପାଇଁ ଦୀପ ଜଳାଇ ପୂର୍ବ ଅଥବା ଉତ୍ତର ଦିଗ ପଟକୁ ମୁହଁ କରି ବସନ୍ତୁ। ହଜିଯାଇଥିବା ଜିନିଷକୁ ଭାବନାରେ ଆଣି ଭଗବାନ ବିଷ୍ଣୁଙ୍କର ସୁଦର୍ଶନ ରୂପକୁ ସ୍ମରଣ କରି ଧ୍ୟାନ କରନ୍ତୁ ।

## ନ୍ୟୁଡ ସେଲଫି ବଦଳରେ ମିଳୁଛି ଋଣ

ବେଙ୍କିଂ ସାଧାରଣତଃ ଋଣ ପ୍ରଦାନ ସମୟରେ ବ୍ୟାଙ୍କ କର୍ତ୍ତୃପକ୍ଷ ଘର କିମ୍ବା ଜମି ପଟ୍ଟାକୁ ବନ୍ଧକ ରଖିଥାନ୍ତି। ହେଲେ ଚୀନର ଏକ ବ୍ୟାଙ୍କ ଗ୍ୟାରେଣ୍ଟି ବାବଦରେ ଝିଅଙ୍କ ଅଶ୍ଳୀଳ ଫଟୋକୁ ଗ୍ରହଣ କରୁଛି। ସର୍ତ୍ତ ରହିଛି ଯଦି ସଠିକ ସମୟରେ ଋଣ ପରିଶୋଧ କରାନଯାଏ ତେବେ ଏହି ଫଟୋକୁ ସାର୍ବଜନୀନ କରାଯିବ। ଚୀନରେ ଜିଏଦାଇବାଓ ନାମକ ଏକ କମ୍ପାନୀ ଲୋକଙ୍କୁ ବ୍ୟବସାୟ ଏବଂ ଆବଶ୍ୟକୀୟ ସାମଗ୍ରି କ୍ରୟ ପାଇଁ ଅନଲାଇନରେ ଋଣ ପ୍ରଦାନ କରୁଛି। ତେବେ ଋଣ ପାଇଁ ଗ୍ୟାରେଣ୍ଟର ଭାବେ ଝିଅ



ପିଲାଙ୍କୁ ଅନଲାଇନରେ ନ୍ୟୁଡ ଫଟୋ ଦେବାକୁ କୁହାଯାଉଛି। ଏଥିରେ ଝିଅମାନେ ନିଜ ପରିଚୟ ପତ୍ର ସହ ଫଟୋ ଦେଉଛନ୍ତି। କୁହାଯାଇଛି ଯେ ଯଦି ସଠିକ ସମୟରେ ଋଣ ଅର୍ଥ ପୈଠ ନହୁଏ ତେବେ ଏହି ଫଟୋ ପରିବାର ଏବଂ ପରିଚିତ ଲୋକମାନଙ୍କୁ ପଠାଇବା ସହ ସୋସିଆଲ ସାଇଟରେ ମଧ୍ୟ ସେୟାର କରାଯିବ। କମ୍ପାନୀଟି ୩୦% ସାପ୍ତାହିକ ସୁଧରେ ଏହି ଅର୍ଥ ଆବଶ୍ୟକୀୟ ଲୋକଙ୍କୁ ପ୍ରଦାନ କରୁଛି। ମିଳିଥିବା ସୂଚନା ଅନୁସାରେ ଏହି କମ୍ପାନୀଟି ଅଦ୍ୟାବଧି ୧୬୦ଜଣ ଝିଅଙ୍କ ଫଟୋକୁ ସୋସିଆଲ ସାଇଟରେ ଛାଡି ସାରିଲେଣି। ଘଟଣାକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ଆରମ୍ଭ ହୋଇଥିଲା ବେଳେ କମ୍ପାନୀକୁ ବନ୍ଦ କରିବା ପାଇଁ ଦାବି ତେଜିଲାଣି।

## ଖାତାକୁ ଆସିଲା ୩୧କୋଟି, ଗହଣା ଏବଂ କପଡ଼ା ପାଇଁ କରିଦେଲେ ଖର୍ଚ୍ଚ

ସିଡନୀ ଭାରତରେ ନୋଟବନ୍ଦ ନିଷ୍ପତ୍ତି କାରଣରୁ ଅନେକ କଳାଧନକୁ ଧଳା କରିବା ପାଇଁ ଅନ୍ୟମାନଙ୍କ ଆକାଉଣ୍ଟରେ ଅର୍ଥ ଜମା କରୁଥିବା ଘଟଣା ଏବେ ଦେଖିବାକୁ ମିଳୁଛି। ସେହିପରି ଭୁଲରେ ମଧ୍ୟ ବ୍ୟାଙ୍କ



ଅଧିକାରୀମାନେ ଜଣଙ୍କ ସ୍ଥାନରେ ଅନ୍ୟଜଣଙ୍କ ଆକାଉଣ୍ଟରେ ଟଙ୍କା ଜମା କରିଦେଉଛନ୍ତି। ବ୍ୟାଙ୍କର ଏହି ତ୍ରୁଟି ଯୋଗୁ ଜଣେ ଛାତ୍ରଙ୍କୁ କୋର୍ଟର ଚକ୍କର କାଟିବାକୁ ପଡିଛି। ମାମଲାଟି ୨୦୧୨ ମସିହାର। ବ୍ୟାଙ୍କ ପକ୍ଷରୁ ଭୁଲରେ ମାଲେସିଆର ଜଣେ ୨୧ବର୍ଷିୟ ଛାତ୍ରୀ କ୍ରିଷ୍ଟିନାଙ୍କ ଖାତାକୁ ଆସିଥିଲା ୩୧କୋଟି ଟଙ୍କା। ୨୦୧୪ ଜୁଲାଇ ମାସରେ ଏ ସମ୍ପର୍କରେ କ୍ରିଷ୍ଟିନା ଜାଣିପାରିଥିଲେ। ପରେ ଏହି ଟଙ୍କାରେ ସେ ଗହଣା,ପ୍ରଶାଧନ ସାମଗ୍ରିଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ଜିନିଷ କ୍ରୟ କରିଥିଲେ। ଏପରିକି ଗୋଟିଏ ଦିନ ସେ ଦେଢକୋଟି ଟଙ୍କାର କିଣାବିକା କରିଥିଲେ। ଗତବର୍ଷ ଏହି ତ୍ରୁଟି ସମ୍ପର୍କରେ ବ୍ୟାଙ୍କ କର୍ତ୍ତୃପକ୍ଷ ଅବଗତ ହେବାପରେ କ୍ରିଷ୍ଟିନାଙ୍କୁ ଫୋନ କରି ତୁରନ୍ତ ଟଙ୍କା ଫେରାଇବା ପାଇଁ ଅନୁରୋଧ କରିଥିଲେ। ହେଲେ କ୍ରିଷ୍ଟିନା କହିଥିଲେ ଯେ ମୁଁ ଭାବିଥିଲି ଏହି ଟଙ୍କା ମୋତେ ମୋ ବାପା ପଠାଇଛନ୍ତି। ପରେ ଘଟଣାଟି କୋର୍ଟରେ ପହଞ୍ଚିଥିଲା। ଗତ ମଙ୍ଗଳବାର ଦିନ ଡାଉନିଂ ସେଣ୍ଟର କୋର୍ଟରେ କ୍ରିଷ୍ଟିନା ଉପସ୍ଥିତ ହୋଇ ନିଜ ଯୁକ୍ତି ରଖିଥିଲେ। ପରେ ଏହି ମାମଲାରେ କୋର୍ଟ ତାଙ୍କୁ ସମ୍ମାନର ସହ ମୁକ୍ତି କରିଛି।

## ସନ୍ତାନ ଓ ଚାକିରି ଛାଡ଼ି ଆଇଏସ ବିରୋଧରେ ବନ୍ଧୁକ ଉଠାଇଲେ ମହିଳା

ସିରିୟାର ବେବିଲୋନିଆ ତାଙ୍କର ଦୁଇ ସନ୍ତାନ



ଓ ହେୟାର ଡ୍ରେସର ଚାକିରି ଛାଡି ଦୁର୍ଦ୍ଧର୍ଷ ଆତଙ୍କବାଦୀ ସଂଗଠନ ଆଇଏସଆଇଏସ ବିରୋଧରେ ବନ୍ଧୁକ ଉଠାଇଛନ୍ତି। ସେ ଆଇଏସ ବିରୋଧରେ ଲଢୁଥିବା ଖ୍ରୀଷ୍ଟିଆନ ଫିମେଲ ପ୍ରୋଟେକସନ ଗ୍ରୁପରେ ସାମିଲ ହୋଇଛନ୍ତି। ୩୬ ବର୍ଷୀୟା ବେବିଲୋନିଆ ସିରିୟାର ଉତ୍ତର-ପୂର୍ବରେ ହଶକାହ ପ୍ରଦେଶରେ ଖ୍ରୀଷ୍ଟିଆନ ସଂଖ୍ୟାଲଘୁ ସଂପ୍ରଦାୟର ମହିଳା। ଏହି ଗ୍ରୁପରେ ୫୦ ମହିଳା ଅଛନ୍ତି ଏବଂ ଏମାନଙ୍କ ପ୍ରଶିକ୍ଷଣ ଶିବିର ସିରିୟାର ଅଲ-କହତନିଏ ସହରରେ ରହିଛି। ବେବିଲୋନିଆ କହିଛନ୍ତି ପିଲାଙ୍କ ଭବିଷ୍ୟକୁ ସୁରକ୍ଷିତ କରିବା ପାଇଁ ସେ ଆଇଏସଆଇଏସ ବିରୋଧରେ ଅସ୍ତ୍ର ଉଠାଇଛନ୍ତି। ସିରିୟାରେ ୮୯ହଜାର ଖ୍ରୀଷ୍ଟିଆନ ବସବାସ କରୁଥିଲେ ହେଁ ଆଇଏସ ଆତଙ୍କବାଦୀଙ୍କ ଭୟରେ ଏମାନଙ୍କ ସଂଖ୍ୟା ଦ୍ରୁତ ହ୍ରାସ ପାଉଛି।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ସୁନ୍ଦର ଆଖି

ମଣିଷ ଶରୀରରେ ଆଖି ହେଉଛି ସବୁଠାରୁ ସୁନ୍ଦର ଭାଗ । ଯାହା ଆପଣଙ୍କ ସୁନ୍ଦରତାକୁ ଆହୁରି ବଢାଇ ଦେଇଥାଏ । ଯଦି ଆପଣ ଆପଣଙ୍କ ଆଖିକୁ ସୁନ୍ଦର କରିବାକୁ ଚାହାନ୍ତି ତେବେ, ସ୍ମୋକିକ ଆଇଜ୍ ପାଇଁ ସର୍ବଦା ଗ୍ରେ ଏବଂ କଳା ରଙ୍ଗର ଆଇସ୍ୟାଡୋର ମିଶ୍ରଣକୁ କଳା ସହିତ ଲଗାନ୍ତୁ । ଏଥିପାଇଁ ସର୍ବପ୍ରଥମେ ଆଇବ୍ରୋର ତଳ ଭାଗରେ ରହିଥିବା ହାଡରୁ ଟିକେ ତଳକୁ ଆଖିପତାରେ ଗ୍ରେ ରଙ୍ଗର ଆଇସ୍ୟାଡେ ଲଗାନ୍ତୁ । ଏହାପରେ ଆଖିର ତଳ ଏବଂ ଉପର ଦୁଇ ଭାଗରେ କଳା ଲଗାନ୍ତୁ । ଏହା ଆଖିର ସୁନ୍ଦରତା ବଢେଇ ଦେଇଥାଏ ।

## କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ହାନିକାରକ

ଆପଣଙ୍କ ଶରୀର ପାଇଁ କ୍ଷତିକାରୃ ସାବ୍ୟସ୍ତ ହୋଇପାରେ। ନିକଟରେ କରାଯାଇଥିବା ଏକ ଗବେଷଣାରୁ ଜଣାଯାଇଛି କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ଓ ଲୁଣ ପ୍ରତିକ୍ରିୟା କରି ଏଭଳି ଏକ ହାନିକାରକ ରସାୟନ ନିର୍ମାଣ କରୁଛନ୍ତି, ଯାହା ଆପଣଙ୍କୁ ଡାକ୍ତରଖାନାରେ ପହଞ୍ଚାଇଦେବ। ଗବେଷକମାନେ ଅନେକ ଅଣୁମାନଙ୍କର ସନ୍ଧାନ କରିଛନ୍ତି, ଯାହା ସମ୍ପୂର୍ଣ୍ଣ ନୂଆ ଓ କ୍ଲୋରାମିନ୍ ଯୁକ୍ତ ପାଣି ଓ ଖାଦ୍ୟରେ ଥିବା ଆୟୋଡ଼ିନ୍ ଯୁକ୍ତ ଲୁଣ ମଧ୍ୟରେ



ପ୍ରତିକ୍ରିୟାରୁ ସୃଷ୍ଟି ହୋଇଛନ୍ତି। ପାଣିକୁ ସ୍ୱଚ୍ଛ କରିବା ପାଇଁ ସେଥିରେ କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍ସର ଅଣୁ ମିଶାଯାଇଥାଏ। ଗବେଷକଙ୍କ ମତରେ ପାଇପ୍ ପାଣିରେ ଉପସ୍ଥିତ ଥିବା କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍ସ ଆୟୋଡ଼ିନ୍ ଲୁଣ ସହ ପ୍ରତିକ୍ରିୟା କରି ହାଇପୋଆୟୋଡ଼ସ୍ ଏସିଡ଼ ନିର୍ମାଣ କରିଥାଏ। ଯାହା ସାଧାରଣତଃ ହାନିକାରକ ନୁହେଁ। କିନ୍ତୁ ଯେତେବେଳେ ଏସିଡ଼ ଖାଦ୍ୟ ରାନ୍ଧିବା ସମୟରେ ପାଇପ୍ ପାଣିରେ ଉପସ୍ଥିତ ଅଣୁ ଓ ଅନ୍ୟ କାର୍ବନିକ୍ ପଦାର୍ଥ ସହିତ ପ୍ରତିକ୍ରିୟା କରିଥାଏ। ସେତେବେଳେ ସେଥିରେ ହାନିକାରକ ଆୟୋଡ଼ିନ୍ ଯୁକ୍ତ ଜୀବାଣୁ ନାଶକ ତିଆରି ହୋଇଥାଏ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ ।



ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ ।




# ବିହାର ମେଂଟ ପ୍ରତି ଚ୍ୟାଲେଞ୍ଜ



ବିହାରରେ ପୁଣି ନୀତିଶ ତେଜସ୍ୱୀ ଯୁଗ ଆରମ୍ଭ ହୋଇଛି। ବିଧାନସଭାରେ ଅନୁଷ୍ଠିତ ଆସ୍ଥା ଭୋଟରେ ଆରଜେଡି ଜେଡିୟୁ ସରକାର ବହୁ ଭୋଟରେ ବିଜୟୀ ହୋଇଛି। କହିବା ବାହୁଲ୍ୟ ଯେ, ତଥା ଗତ ଆଠ ବର୍ଷ ମଧ୍ୟରେ କେନ୍ଦ୍ରରେ କ୍ଷମତାସୀନ ବିଜେପି କର୍ଣ୍ଣାଟକଠାରୁ ଆରମ୍ଭ କରି ମହାରାଷ୍ଟ୍ର ପର୍ଯ୍ୟନ୍ତ ବହୁ ବିରୋଧିଦଳ ସରକାର ବିଭାଜନ ଘଟାଇ କ୍ଷମତା ଦଖଲ କରିଥିବାବେଳେ ପ୍ରଥମ ଥର ପାଇଁ ବିହାରରେ ବିଜେପି ମେଂଟ ସରକାରଙ୍କୁ ଭାଙ୍ଗି ଜେଡିୟୁ-ଆରଜେଡି ମେଂଟ କ୍ଷମତାସୀନ ହୋଇଛି। ସ୍ମରଣଯୋଗ୍ୟ ଯେ, ଅତୀତରେ ଅର୍ଥାତ୍ ତିନିବର୍ଷ ତଳେ ଜେଡିୟୁ-ଆରଜେଡି ମେଂଟ ସରକାରର ପତନ ଘଟି ବିଜେପି-ଜେଡିୟୁ ସରକାର କ୍ଷମତାସୀନ ହୋଇଥିଲା। ଉଲ୍ଲେଖ କରାଯାଇପାରେ ଯେ, ନବଗଠିତ ଜେଡିୟୁ-ଆରଜେଡି ମେଂଟ ସରକାର ବିଧାନସଭାରେ ଆସ୍ଥା ଭୋଟରେ ବହୁ ଭୋଟରେ ବିଜୟୀ ହୋଇଥିବା ସତ୍ତ୍ୱେ ପ୍ରକୃତ ରାଜନୈତିକ ଶକ୍ତି ପରୀକ୍ଷା ଏବେଠାରୁ ଆରମ୍ଭ ହୋଇଛି ବୋଲି କୁହାଯିବ। ଏହା ନିଶ୍ଚିତ ଯେ, କେନ୍ଦ୍ର ସହ ଗୋଟିଏ ପରେ ଗୋଟିଏ ରାଜ୍ୟରେ କ୍ଷମତା ଅକ୍ତିଆର କରି ଚାଲିଥିବା ବିଜେପି ବିହାରରେ କ୍ଷମତାଚ୍ୟୁତ ହେବାପରେ ନୀରବରେ ବସି ରହିପାରିବ ନାହିଁ। ଏହା ବିଧାନସଭାରେ ଶକ୍ତି ପରୀକ୍ଷା ଦିନ ହିଁ ସଂକେତ ପ୍ରଦାନ କରିଛି। ବିଧାନସଭାରେ ମୁଖ୍ୟମନ୍ତ୍ରୀ ନୀତିଶ କୁମାର ଆସ୍ଥା ପରୀକ୍ଷା ଦେଉଥିବା ବେଳେ ଅନ୍ୟପଟେ ୟୁପିଏର ପ୍ରଥମ ପାଳି ସରକାରରେ ଆରଜେଡି ସୁପ୍ରିମୋ ଲାଲୁ ପ୍ରସାଦ ଯାଦବ ରେଳବାଇ ମନ୍ତ୍ରୀ ଥିବାବେଳେ ବହୁଚର୍ଚ୍ଚିତ ଲ୍ୟାଣ୍ଡ ଫର ଜବସ୍ (ଜମି ପାଇଁ ନିଯୁକ୍ତି) ଦୁର୍ନୀତି ମାମଲାରେ ସିବିଆଇ ଆରଜେଡିର କେତେକ ନେତାଙ୍କ ବାସଭବନରେ ଚଢାଉ କରିଥିଲା। ସିବିଆଇ ଚଢାଉର ସମ୍ମୁଖୀନ ହୋଇଥିବା ନେତାଙ୍କ ମଧ୍ୟରୁ କିଏ ଅପରାଧୀ, କିଏ ନିର୍ଦ୍ଦୋଷ, ତାହା ଭବିଷ୍ୟତରେ ଆଇନ କହିବ। ତେବେ ବିରୋଧୀଙ୍କ ବିରୁଦ୍ଧରେ ଚଢାଉ ଯେଉଁ ସମୟରେ ହୋଇଛି ବା ବିରୋଧୀଙ୍କୁ ଟାର୍ଗେଟ ଯେଉଁ ସମୟରେ କରାଯାଇଛି, ସେଥିରୁ ବିଜେପି କେତେ ପ୍ରତିଶୋଧ-ପରାୟଣ, ତାହା ସ୍ପଷ୍ଟ ଅନୁମାନ କରାଯାଇପାରେ। କେବଳ ନୀତିଶଙ୍କ ନେତୃତ୍ୱରେ ପରିଚାଳିତ ମହାଗଠବନ୍ଧନ ସରକାର ନୁହେଁ, ଉପମୁଖ୍ୟମନ୍ତ୍ରୀ ତେଜସ୍ୱୀ ଯାଦବଙ୍କ ପ୍ରତି ମଧ୍ୟ ପ୍ରତିଶୋଧପରାୟଣ କାର୍ଯ୍ୟାନ୍ୱୟନ ବଢିବା କିଛି ଅସ୍ୱାଭାବିକ ନୁହେଁ।

ତେବେ ତିନୋଟି ଚ୍ୟାଲେଞ୍ଜ ଏବେ ଜେଡିୟୁ-ଆରଜେଡି ସରକାରଙ୍କ ପ୍ରତି ରହିଛି। ଏହାକୁ ମୁକାବିଲା କରିବା ପାଇଁ ଉଭୟ ଦଳ ପ୍ରଥମତଃ ଏକ ଏବଂ ଏକମନ, ଏକପ୍ରାଣ ହୋଇ ରହିବା ଜରୁରୀ। ସେହିପରି ଯେଉଁସବୁ ଅଂଚଳରେ ଯେଉଁ ଦଳର ପ୍ରଭାବ ରହିଛି, ସେଠାରେ ପରସ୍ପର ସହ ବୁଝାମଣା କରିବାକୁ ହେବ। ତୃତୀୟଟି ହେଉଛି ବିହାରର ଜନସାଧାରଣଙ୍କ ହୃଦୟ ଜିତିବା ପାଇଁ ସୁଶାସନ ଏବଂ ଜନହିତକର କାର୍ଯ୍ୟକ୍ରମ ହାତକୁ ନେବା। ଏହା ସତ୍ୟ ଯେ, ଉଭୟ ଦଳ ପୁରୁଣା ମଣ୍ଡଳ ଦଳ ତଥା ଜନତାଦଳରୁ ଆସିଥିବା ଯୋଗୁ ବିହାରରେ ବିଜେପିର ଏକ ଶକ୍ତିଶାଳୀ ବିକଳ୍ପ ଭାବେ ଉଭା ହୋଇଛି। ଅତୀତରେ ୨୦୧୫ ବିଧାନସଭା ନିର୍ବାଚନରେ ଜେଡିୟୁ- ଆରଜେଡି ମେଂଟ ବିଜେପିକୁ ଧୂଳି ଚଟାଇ ବିହାରରେ କ୍ଷମତାସୀନ ହୋଇଥିଲା। ଉଭୟ ଦଳର ସାମାଜିକ ସ୍ଥିତି ସମାନ ଥିବା ବେଳେ ଆଦର୍ଶଗତ ସାମଞ୍ଜସ୍ୟ ମଧ୍ୟ ରହିଛି। ୨୦୧୫ରେ ମେଂଟ ସରକାର ଦୁଇବର୍ଷ ସୁରୁଖୁରୁରେ କାର୍ଯ୍ୟ କରିଥିବାବେଳେ ଦୁର୍ନୀତିକୁ ନେଇ ମେଂଟ ଭାଙ୍ଗି ଯାଇଥିଲା। ପୂର୍ବରୁ ସମସ୍ତ ତିକ୍ତତା, ମାନ, ଅଭିମାନକୁ ଭୁଲି ଉଭୟ ଦଳ ଏକତ୍ର କାର୍ଯ୍ୟ କରିବା ଉଚିତ୍। ଯାହାକି ବିଜେପିର ଯଥାର୍ଥ ମୁକାବିଲା କରିପାରିବ। ସେହି ଯେଉଁ ଅଂଚଳରେ ଯେଉଁ ଦଳର ପ୍ରଭାବ ରହିଛି, ସେଠାରେ ଉଭୟ ଦଳର ନେତା ଓ କର୍ମୀମାନେ ମିଳିମିଶି କାର୍ଯ୍ୟ କରିପାରିଲେ, କେବଳ ମେଂଟ ସୁଦୃଢ ହେବନାହିଁ, ଜନସାଧାରଣଙ୍କର ମଧ୍ୟ ହିତ ସାଧନ ହୋଇପାରିବ। ଏହା ସତ୍ୟ ଯେ, ନୀତିଶ କୁମାରଙ୍କ ନିର୍ମଳ ଭାବମୂର୍ତ୍ତି ତାଙ୍କୁ ଜଣେ ଜାତୀୟସ୍ତରର ନେତାଭାବେ ପ୍ରତିଷ୍ଠିତ କରିଥିବା ବେଳେ ତେଜସ୍ୱୀଙ୍କ ପ୍ରତି ଯୁବଗୋଷ୍ଠୀର ଆକର୍ଷଣ ବଢିବାରେ ଲାଗିଛି। ନିକଟରେ ନବନିଯୁକ୍ତ ମନ୍ତ୍ରୀମାନଙ୍କୁ ନୂଆ ଗାଡି ନ କିଣିବା, କାହାରିକୁ ପାଦ ଛୁଇଁବାକୁ ନଦେବା ପାଇଁ ତେଜସ୍ୱୀ ଯେଉଁ ପରାମର୍ଶ ଦେଇଛନ୍ତି, ତାହା ପ୍ରଣିଧାନଯୋଗ୍ୟ। ତେବେ ମୁଖ୍ୟ ଚ୍ୟାଲେଞ୍ଜ ହେଉଛି ବିହାରରେ ବେକାରୀ ସମସ୍ୟା ବୃଦ୍ଧି। ବେକାର ଯୁବକ-ଯୁବତୀଙ୍କୁ କର୍ମନିଯୁକ୍ତି ଯୋଗାଇଦେବା ପାଇଁ

# ଶକ୍ତି ଉପାସନାର ସ୍ଥଳ ତୀର୍ଥରାଜ ପ୍ରୟାଗ

ପୂଣ୍ୟଭୂମି ଭାରତ ବର୍ଷର ଉତ୍ତରରୁ ଦକ୍ଷିଣ ପର୍ଯ୍ୟନ୍ତ ସାରା ଭାରତରେ ଶକ୍ତିଙ୍କର ଅସଂଖ୍ୟ ଉପାସନା ଓ ଅର୍ଚ୍ଚନା ସ୍ଥଳୀ ରହିଛି। ସେଗୁଡ଼ିକ ମଧ୍ୟରେ ତୀର୍ଥରାଜ ପ୍ରୟାଗ ଶକ୍ତି ଉପାସନାର ପ୍ରମୁଖ ସ୍ଥଳ ଭାବରେ ପରିଚିତ। ମୁଖ୍ୟତଃ ୫୧ ଟି ମହାପୀଠର ବିଶେଷ ଗୁରୁତ୍ୱ ରହିଛି।

ହିନ୍ଦୁ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ମା' ଶକ୍ତିଙ୍କୁ ନିଜର ଝିଅ(ସତୀ) ରୂପରେ ପାଇବା ପରେ ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଦକ୍ଷରାଜଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ଏକ ଯଜ୍ଞର ଆୟୋଜନ କଲେ। ଝିଅ ମାତା ସତୀ ଓ ଜ୍ୱାଇଁ ଭଗବାନ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ମାତା ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚିଲେ। ଦକ୍ଷ ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଭଗବାନ ଶିବ ଏ ଖବର ଜାଣି ସେଠାରେ ପହଂଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଶିବ ଶାନ୍ତ ହେବେ ନାହିଁ। ସଙ୍ଗେସଙ୍ଗେ ଶିବ ଧରିଥିବା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ। କିଛି ସମୟ ମଧ୍ୟରେ ମା'ସତୀଙ୍କ ଶରୀର ଖଣ୍ଡ ବିଖଣ୍ଡିତ ହୋଇଗଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ବିଭିନ୍ନ ସ୍ଥାନରେ ବିଂଚି ହୋଇ ପଡ଼ିଲା। ଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସହ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡ





ଗୁଡ଼ିକୁ ସୁରକ୍ଷା ଦେବା ପାଇଁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ। ତେବେ ପ୍ରୟାଗରେ ଏପରି ୩ଟି ସ୍ଥାନ ରହିଛି, ଯେଉଁ ସ୍ଥାନ ମାନଙ୍କରେ ମାତା ସତୀଙ୍କର ଅଙ୍ଗ ଖଣ୍ଡ ଗୁଡ଼ିକ ପଡ଼ିଥିଲା। ଏଠାରେ ମାତା ଲଳିତା ଦେବୀ, ମାତା କଲ୍ୟାଣୀ ଦେବୀ ଓ ମାତା ଅଲୋପଶଙ୍କରୀ ଦେବୀ ରହିଛନ୍ତି। ଏହି ଶକ୍ତିପୀଠ ଗୁଡ଼ିକରେ ପୂଜା ଏବଂ ଦର୍ଶନ କରିବାକୁ ଦୂରଦୂରାନ୍ତରୁ ବହୁ ସଂଖ୍ୟାରେ ଭକ୍ତ ଓ ଶ୍ରଦ୍ଧାଳୁ ମାନେ ଆସିଥାନ୍ତି। ନବରାତ୍ରରେ ପ୍ରତି ମନ୍ଦିରରେ ବିଶେଷ




ପୂଜା ଓ ଅନୁଷ୍ଠାନ ହୋଇଥାଏ। ଏହି ଉତ୍ସବରେ ପ୍ରତିଦିନ ଶହ ଶହ ଭକ୍ତ ସାମିଲ ହୋଇଥାନ୍ତି।

ଯମୁନା ନଦୀ କୂଳରେ ମୀରପୁର ସ୍ଥିତ ମା' ଲଳିତାଙ୍କ ଏହି ପ୍ରାଚୀନ ମହା ଶକ୍ତିପୀଠ ମନ୍ଦିରରେ ମାତା ସତୀଙ୍କ ହାତର ଅଙ୍ଗୁଳି ପଡ଼ିଥିଲା। ସେହି ସ୍ଥାନରେ ମା'ଭଗବତୀ, ମହାକାଳୀ, ମହାଲକ୍ଷ୍ମୀ ଓ ମହା ସରସ୍ୱତୀ ରୂପରେ ଅଧିଷ୍ଠିତ ଅଛନ୍ତି।

ଏହି ମନ୍ଦିରରେ ପ୍ରବେଶ କରିବା ମାତ୍ରେ ନିଜ ଭିତରେ ଦିବ୍ୟ ଶକ୍ତିର ଅନୁଭବ ହୋଇଥାଏ। ମାତାଙ୍କର ଡ଼ାହାଣ ହାତରେ ସଂକଟ ମୋଚନ ହନୁମାନ, ରାମ, ଲକ୍ଷ୍ମଣ, ସୀତା ଓ ନବଗ୍ରହ ମାନଙ୍କର ଦିବ୍ୟ ମୂର୍ତ୍ତି ମାନ ସ୍ଥାପିତ ହୋଇଛି। ମନ୍ଦିର ଭିତରେ ରାଧା-କୃଷ୍ଣଙ୍କର ଭବ୍ୟ ମୂର୍ତ୍ତି ଗୁଡ଼ିକ ଭକ୍ତ ମାନଙ୍କର ମନ ମୋହିନିଏ। ନବରାତ୍ର ବେଳେ ଫୁଲ ଓ ଅଳଙ୍କାରରେ ମାତାଙ୍କର ଶୃଙ୍ଗାର କରା ଯାଇଥାଏ।

ମାତା ଲଳିତା ଦେବୀଙ୍କ ଭଳି ମାତା କଲ୍ୟାଣୀ ଦେବୀ ମନ୍ଦିରରେ ମଧ୍ୟ ମାତା ସତୀଙ୍କ ଅଙ୍ଗୁଳି ଖଣ୍ଡ ପଡ଼ିଥିଲା। ମତ୍ସ୍ୟ ପୁରାଣର ୧୩ଶ ଅଧ୍ୟାୟରେ ଯେଉଁ ୧୦୮ ପୀଠର ବର୍ଣ୍ଣନା ହୋଇଛି, ସେଥିରେ କଲ୍ୟାଣୀ ଲଳିତାଙ୍କ ନାମ ସର୍ବ ପ୍ରଥମେ ଆସିଛି। ମହର୍ଷି ଯାଗ୍ୟୋକ୍ୟ ଆରାଧାନା ପାଇଁ ଏହି ସ୍ଥାନକୁ ପସନ୍ଦ କରିଥିଲେ। ଏଠାରେ ମାତା କଲ୍ୟାଣୀ ଚତୁର୍ଭୁଜ ରୂପରେ ସିଂହ ଉପରେ ବସି ବିଦ୍ୟମାନ ଅଛନ୍ତି। ମୂର୍ତ୍ତିର ଶୀର୍ଷରେ ଆଭାଚକ୍ର ରହିଛି, ମସ୍ତକ ଉପରେ ୟୋନୀ, ଲିଙ୍ଗ ଏବଂ ଫଣୀନ୍ଦ୍ର ଶୋଭା ପାଉଛି। ଦକ୍ଷିଣ ଭାଗରେ ଦେବାଧିଦେବ ମହାଦେବ ଓ ଗଜାନନ ଗଣେଷଙ୍କର ମନୋରମ ପ୍ରତିମା ସ୍ଥାପିତ ହୋଇଛି।

ମାତା ଅଲୋପଶଙ୍କରୀଙ୍କ ଭିତରେ ଲୋପ ହୋଇ ଯାଇଛନ୍ତି। ସଂଗମଠାରୁ କିଛି ଦୂରରେ ଅବସ୍ଥିତ ମାତା ଅଲୋପଶଙ୍କରୀଙ୍କ ପ୍ରାଚୀନ ସିଦ୍ଧପୀଠ ହେଉଛି ମନ୍ଦିର। ପୁରାଣ ଅନୁସାରେ ଏଠାରେ ମାତା ସତୀଙ୍କର ଯେଉଁ ଅଙ୍ଗ ପଡ଼ିଥିଲା, ତାହା ଲୋପ ହୋଇଗଲା। ଏହି କାରଣରୁ ମା'ଭଗବତୀଙ୍କ ପୂଜା ଅଲୋପଶଙ୍କରୀଙ୍କ ରୂପରେ ହୋଇଥାଏ। ନବରାତ୍ର ବ୍ୟତୀତ ସୋମବାର ଓ ଶୁକ୍ରବାର ଏଠାରେ ବିଶାଳ ମେଳା ବସିଥାଏ। ପୁରାଣରେ କ୍ଷମା ମାତାଙ୍କ ମନ୍ଦିର ସଂପର୍କରେ ବ୍ୟାପକ ବର୍ଣ୍ଣନା କରାଯାଇଛି। ଏଠାରେ ମା' ଭଗବତୀ ଚନ୍ଦ୍ରଘଣ୍ଟା ରୂପରେ ଅଧିଷ୍ଠିତ ଅଛନ୍ତି। ସାରା ଦୁନିଆର ଏହା




ଏକମାତ୍ର ମନ୍ଦିର, ଯେଉଁଠି ମା'ଦୁର୍ଗାଙ୍କର ନଅଟି ସ୍ୱରୂପକୁ ଏକ ସଙ୍ଗରେ ଦର୍ଶନ କରାଯାଇ ଥାଏ। ସଚ୍ଚା ହୃଦୟରେ ମା'ଙ୍କ ଦର୍ଶନ ମାତ୍ରେ ହିଁ ମଣିଷକୁ ସମସ୍ତ ମାନସିକ ଓ ଶାରୀରିକ ଯନ୍ତ୍ରଣାରୁ ମୁକ୍ତି ମିଳିଥାଏ। ନବରାତ୍ର ବେଳେ ପ୍ରତିଦିନ ଦେବୀଙ୍କର ଭିନ୍ନ ଭିନ୍ନ ସ୍ୱରୂପର ବିଶେଷ ଶୃଙ୍ଗାର କରାଯାଇଥାଏ। ସିଦ୍ଧପୀଠ ବ୍ୟତୀତ ସହରର ମସୁରିଆ ଦେବୀ, ଶୀତଳା ମାତା, ଅଷ୍ଟଭୁଜା ଦେବୀ, କାଳୀ ମାତା ଆଦି ମନ୍ଦିରରେ ପ୍ରତିଦିନ ସକାଳ ଓ ସଂଧ୍ୟାରେ ବସ୍ତ୍ର, ଅଳଙ୍କାର ଓ ଫୁଲରେ ମାତାଙ୍କ ଦିବ୍ୟ ସ୍ୱରୂପର ଶୃଙ୍ଗାର କରାଯାଇ ସାମୁହିକ ଆଳତୀ ହୋଇଥାଏ। ନବରାତ୍ର ଉତ୍ସବ ସମୟରେ ନିଜର ମନୋ କାମନା ପୂରଣ ପାଇଁ ଭକ୍ତ ମାନେ ବ୍ରତ ସହ ଶକ୍ତି ସ୍ୱରୂପା ମା' ଭଗବତୀଙ୍କ ଆରାଧନା କରିଥାନ୍ତି। ଯଦ୍ୱାରା ଭକ୍ତମାନଙ୍କର ମନୋସ୍କାମନା ଅତିଶୀଘ୍ର ପୂରଣ ହୋଇଥାଏ ବୋଲି ବିଶ୍ୱାସ ରହିଛି।

## ଜାତୀୟ ପତାକାର ଅପବ୍ୟବହାର ଓ ଅବମାନନାକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କଲା କଂଗ୍ରେସ

ଭୁବନେଶ୍ୱର (ପିଏନ୍)-ଜାତୀୟ ପତାକାକୁ ସମ୍ମାନ କରିବା ଏବଂ ଜାତୀୟ ପତାକାର ମାନ ଓ ଗୌରବକୁ ରକ୍ଷା କରିବା ହେଉଛି ପ୍ରତ୍ୟେକ ଭାରତୀୟ ନାଗରିକଙ୍କର ପରମ କର୍ତବ୍ୟ। ଏହାହିଁ ଭାରତୀୟ ସମ୍ବିଧାନ ପ୍ରତି ଆମର ନିଷ୍ଠା। ସମ୍ବିଧାନର ଧାରା ୫୧-ଏ ରେ ଏହା ସିଧାସଳଖ କୁହାଯାଇଥିଲେ ମଧ୍ୟ କଟକ ଇଣ୍ଡୋର ଷ୍ଟାଡିୟମରେ ପ୍ରଜାତନ୍ତ୍ରର ପ୍ରତିଷ୍ଠା ଉତ୍ସବରେ ଖୋଦ କେନ୍ଦ୍ର ଗୃହମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ, ରାଜ୍ୟ ମୁଖ୍ୟମନ୍ତ୍ରୀ ଏବଂ ସାଂସଦ ଓ ଉଭୟ ଦଳର ତୃଙ୍ଗ ନେତୃବୃନ୍ଦ ଉପସ୍ଥିତ ଥାଇ ମଧ୍ୟ ଭାରତର ଜାତୀୟ ପତାକାର ଅପବ୍ୟବହାର ହେବା ସହିତ ଜାତୀୟ ପତାକାକୁ ଅପମାନିତ କରାଯାଇଥିଲା ବୋଲି କଂଗ୍ରେସ ଭବନରେ ଆହୂତ ଏକ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ଅର୍ଥମନ୍ତ୍ରୀ ତଥା ବରିଷ୍ଠ କଂଗ୍ରେସ ନେତା ଶ୍ରୀ ପଂଚାନନ କାନୁନଗୋ କହିଥିଲେ। ସ୍ୱାଧୀନତାର ୭୫ବର୍ଷ ପୂର୍ତି ପାଳନ ଅବସରରେ ଖୋଦ୍ ପ୍ରଧାନମନ୍ତ୍ରୀ ଘର ଘର ମେ ତ୍ରିରଙ୍ଗା ଉଡ଼ିବାର ବାର୍ତା ଦେଉଥିଲା ବେଳେ ଖୋଦ କେନ୍ଦ୍ର ଗୃହମନ୍ତ୍ରୀ ଏବଂ ଶିକ୍ଷାମନ୍ତ୍ରୀଙ୍କ ସମ୍ମୁଖରେ ଜାତୀୟ ପତାକାକୁ ବ୍ୟାଗ କରି ଖାଦ୍ୟ ପୁଡ଼ିଆ ବୁହାଯାଉଥିଲା। ସଭାଗୃହରେ ବହୁ ସ୍ଥାନରେ ଜାତୀୟ ପତାକା ତଳେ ପଡ଼ିରହିଥିବାର ଚିତ୍ର ସମସ୍ତ ସାମାଜିକ ଗଣମାଧ୍ୟମ ଓ ବୈଦ୍ୟୁତିକ ଗଣମାଧ୍ୟମରେ ପ୍ରଚାରିତ ହେଲାପରେ ମଧ୍ୟ ନା କେନ୍ଦ୍ର ସରକାର ନା ରାଜ୍ୟ ସରକାର କେହି ଏହା ବିରୋଧରେ ପଦୁଟିଏ ଉଚ୍ଚାରଣ କଲେ ନାହିଁ। ଏହା ଜାତୀୟ ପତାକା ସମ୍ମାନ ନିୟମ ୧୯୭୧ ଉପଧାରା-୨କୁ ସଂପୂର୍ଣ୍ଣ ଉଲଙ୍ଘନ କରୁଥିଲା ବେଳେ କାହିଁକି ଖୋଦ୍ ମୁଖ୍ୟମନ୍ତ୍ରୀ, ସାଂସଦ ଓ କେନ୍ଦ୍ରମନ୍ତ୍ରୀ ଅମିତ ଶାହା, ଧର୍ମେନ୍ଦ୍ର ପ୍ରଧାନ ଚୁପ ରହିଲେ। ଯେହେତୁ ଦୀର୍ଘ ୫୨ ବର୍ଷ ଧରି ଜାତୀୟ ପତାକାକୁ ଆରଏସଏସ ନିଜ କାର୍ଯ୍ୟାଳୟରେ ଉଡ଼ାଇନାହିଁ ସେହିଦୃଷ୍ଟିରୁ କେନ୍ଦ୍ରମନ୍ତ୍ରୀ ଅମିତ ଶାହା ଓ ଧର୍ମେନ୍ଦ୍ର ପ୍ରଧାନ ଚୁପ ରହି ତାଙ୍କର ଇଚ୍ଛାକୁ ପୂରଣ କଲେ କି? ପ୍ରଦେଶ କଂଗ୍ରେସ ରାଜ୍ୟ ସରକାରଙ୍କ ପାଖରେ ଦାବି କରୁଛି ଯେ ଯେଉଁମାନଙ୍କର ଫଟୋ ଜାତୀୟ ପତାକାକୁ ଅବମାନନା କରୁଥିବାର ଉତୋଳିତ ହୋଇଛି ଏବଂ ଯେଉଁ ପଦାଧିକାରୀ ଓ ନେତୃବୃନ୍ଦ ଜାତୀୟ ପତାକାକୁ ଖାଦ୍ୟ ପୁଡ଼ିଆ ବ୍ୟାଗ କରି ଦେଇଛନ୍ତି, ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ଏବଂ ଗିରଫ କରି ଜେଲ ପଠାଯାଉ। ତତ୍‌ସହିତ କେନ୍ଦ୍ରମନ୍ତ୍ରୀଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ପ୍ରଦେଶ କଂଗ୍ରେସ ମୁଖପାତ୍ର ଶ୍ରୀ ରଜନୀ କୁମାର ମହାନ୍ତି, ଶ୍ରୀ ମନୋରଞ୍ଜନ ଦାଶ ଓ ସାମାଜିକ ଗଣମାଧ୍ୟମ ବିଭାଗର ଅଧ୍ୟକ୍ଷ ଶ୍ରୀ ଅଭିଷେକ ମହାନନ୍ଦ ଉପସ୍ଥିତ ଥିଲେ।

## ରାଖୀ ହେଉ ସବୁଜ ସମ୍ପର୍କର ସାକ୍ଷୀ

ଭୁବନେଶ୍ୱର (ପିଏନ୍): ସ୍ମାର୍ଟ ନଗରୀ ଭୁବନେଶ୍ୱର ପୋଖରୀପୁଟର ଇନ୍ଦ୍ରପ୍ରସ୍ଥ ଫେଜ୍-୨ଠାରେ କିଛି ପରିବେଶ ଓ ବୃକ୍ଷପ୍ରେମୀ ଏକାଠି ହୋଇ ଏକ ଭିନ୍ନ ଢଙ୍ଗରେ ରକ୍ଷାବନ୍ଧନ ଉତ୍ସବକୁ ପାଳନ କରିଛନ୍ତି। ପରିବେଶ ଅନୁକୂଳ ରଙ୍ଗ, ବେରଙ୍ଗ ସୂତାକୁ ବ୍ୟବହାର କରି ସେଥିରେ ଗୋଟିଏ ଆକର୍ଷଣୀୟ ରାଖୀ ତିଆରି କରି ସମ୍ପର୍କର ବନ୍ଧନ ସହିତ ଗଛରେ ରାଖୀ ବାନ୍ଧିବା ସହ ସିନ୍ଦୁର, ଚନ୍ଦନ ଫୁଲ ଲଗାଇ ସାରା ବିଶ୍ୱକୁ ପ୍ରକୃତିର ବନ୍ଦନା କରିବାର ଏକ ନିଆରା ବାର୍ତ୍ତା ଦେଇଛନ୍ତି। ବୃକ୍ଷପ୍ରେମୀମାନେ ଏ ସମ୍ପର୍କରେ କୁହନ୍ତି ରକ୍ଷାବନ୍ଧନ ହେଉଛି ଅତୁଟ ସମ୍ପର୍କର ନିବିଡ଼ ବନ୍ଧନ। ଜନ୍ମ ଜନ୍ମକୁ ବାନ୍ଧି ହେବାର ଏକ ଅତୁଟ ପ୍ରେମର ନିଚ୍ଛକ ସ୍ପନ୍ଦନ। ସେହିପରି ଗଛ ସହ ଆମର ସମ୍ପର୍କ ଏହିପରି ରହିବା ଦରକାର। ଗଛ ଯେପରି ଏନ୍ତୁଡ଼ିଶାଳରୁ ଶଶ୍ମାନ ପର୍ଯ୍ୟନ୍ତ ନିଃସ୍ୱାର୍ଥପର ଭାବେ ଆମ୍ଭକୁ ସୁରକ୍ଷା ଦେଇଥାଏ, ଠିକ୍ ସେହିପରି ଆମ୍ଭେମାନେ ମଧ୍ୟ ଗଛ ପ୍ରତି ସେମିତି କର୍ତ୍ତବ୍ୟ ସମ୍ପାଦନ କରି ତା'ରି ସୁରକ୍ଷା ଦେବା ସମସ୍ତଙ୍କ ପାଇଁ ଆଜିର ଦିବସରେ ସଂକଳ୍ପ ହେଉ ବୋଲି ବୃକ୍ଷପ୍ରେମୀ ମାନେ ଆଶା ପ୍ରକଟ କରିଥିଲେ। ପରିବେଶବିତ୍ ସୁଶାନ୍ତ ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ପ୍ରଫେସର ଓ ଚଳଚ୍ଚିତ୍ର ଅଭିନେତା ଡ. ଜ୍ଞାନେନ୍ଦ୍ର କୁମାର ପଲାଇ, ସାଇ ସେବକ ନାରାୟଣ ପ୍ରଧାନ, ବୃକ୍ଷପ୍ରେମୀ ପ୍ରିୟବ୍ରତ ପଣ୍ଡା, ରାଧାଚରଣ ସାହୁ, ଚିତ୍ରଶିଳ୍ପୀ ସୁସ୍ମିତାରାଣୀ ରାଉତ, ଅନସୂୟା ସାହୁ ଏବଂ କୁନି ଚିତ୍ରଶିଳ୍ପୀ ଶାନ୍ତନୁ ଶାନ୍ତିସ୍ୱରୂପ ପ୍ରମୁଖ ଗଛରେ ରାଖି ବାନ୍ଧିବା ସହ ତା'ର ସୁରକ୍ଷା ପାଇଁ ସଂକଳ୍ପ ନେଇଥିଲେ। ଭାଇ-ଭଉଣୀଙ୍କ ସମ୍ପର୍କ ଭଳି ମଣିଷ ଓ ବୃକ୍ଷର ସମ୍ପର୍କ ଅତୁଟ ହେବା ଦରକାର ଏବଂ ରାଖୀ ସବୁଜ ସମ୍ପର୍କର ସାକ୍ଷୀ ହେଉ ବୋଲି ଶ୍ରୀ ସାହୁ ଏହି ଅବସରରେ କହିଥିଲେ।

## ପିଣ୍ଡିକି ବାହୁବଳେନ୍ଦ୍ରଙ୍କ ବଳିଦାନ ଦିବସ



ଖୋର୍ଦ୍ଧା (ପିଏନ୍)-ପାଇକ ବିଦ୍ରୋହର ମହାନାୟକ ବକ୍ସି ଜଗବନ୍ଧୁଙ୍କ ସହଯୋଗୀ ମହାନବୀର ପଣ୍ଡିକି ବାହୁବଳେନ୍ଦ୍ରଙ୍କ ୨୦୧ତମ ବଳିଦାନ ଦିବସରେ ବିଭିନ୍ନ କୃତବିଦ୍ୟଙ୍କୁ ଶୌର୍ଯ୍ୟ ସମ୍ମାନରେ ସମ୍ବର୍ଦ୍ଧିତ କରାଯାଇଛି। ବୀର ପିଣ୍ଡିକିଙ୍କ ଜନ୍ମସ୍ଥାନ ଦାରୁଠେଙ୍ଗରେ ପିଣ୍ଡିକି ବାହୁବଳେନ୍ଦ୍ର ସ୍ମୃତି କମିଟି, ପିଣ୍ଡିକି ସ୍ପୋର୍ଟସ କ୍ଲବ୍ ଓ କଳିଙ୍ଗ ପାଇକ ସଂଗଠନର ପକ୍ଷରୁ ମିଳିତ ଭାବେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କମିଟି ସଭାପତି କବିରାଜ ବିଧାର ସଭାପତିତ୍ୱ କରିଥିଲେ। ଜାତୀୟ ପତାକା ଉତ୍ତୋଳନ, ଶହୀଦଙ୍କ ପ୍ରତିମୂର୍ତିରେ ମାଲ୍ୟାର୍ପଣ ପରେ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଥିଲା। ପୂର୍ବତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲ, ପ୍ରଫେସର ବୈଷ୍ଣବ ଚରଣ ସାମଲ ଯଥାକ୍ରମେ ମୁଖ୍ୟଅତିଥି ଭାବେ ଯୋଗଦେଇ ପିଣ୍ଡିକଙ୍କ ଗରିଲା ଯୁଦ୍ଧ ଓ ଦେଶପ୍ରେମ ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ ରାମଚଣ୍ଡୀ ଦଳବେହେରା, ମୃତ୍ୟୁଂଜୟ ଛୋଟରାୟ, ପ୍ରାକ୍ତନ ମନ୍ତ୍ରୀ ଡା. ବେଣୁଧର ବଳିଆରସିଂହଙ୍କ ସୁକନ୍ୟା ବିଶିଷ୍ଟ ଅନୁବାଦିକା ଡ. ଶକୁନ୍ତଳା ବଳିଆରସିଂହ, କୁଂଜୁରୀ ବରପଦାର ଖ୍ୟାତନାମା ଚିତ୍ରଶିଳ୍ପୀ ବଳଦେବ ମହାରଥୀ, ସାହିତ୍ୟିକ ଅମରେଶ ବିଶ୍ୱାଳ, ପୂର୍ବତନ ପ୍ରଶାସକ ସହଦେବ ଜୟସିଂହ, ଡୁମଡୁମା ଦଳବେହେରା, ଅବଦୁଲ କଲାମ ଆଜାଦ୍, ସମାଜସେବୀ ରମଜାନ୍ ଖାଁଙ୍କୁ ଶୌର୍ଯ୍ୟ ସମ୍ମାନରେ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଅବସରରେ କଳିଙ୍ଗ ପାଇକ ସଂଗଠନର ଉପଦେଷ୍ଟା ଭୀମସେନ ପ୍ରଧାନ, ଐତିହାସିକ ସତ୍ୟବାଦୀ ବଳିଆରସିଂହ, ମୁଖ୍ୟ ଉଦ୍ୟୋକ୍ତା ଇଂ. ଶିଶିର କୁମାର ନାୟକ, ସାଧାରଣ ସମ୍ପାଦକ କୃଷ୍ଣଚନ୍ଦ୍ର ହରିଚନ୍ଦନ, ସଂଗଠକ ପ୍ରଦୀପ କୁମାର ବିଶ୍ୱାଳ, ବରିଷ୍ଠ ବିଜେପି ନେତା ସୁରଥ ବିଶ୍ୱାଳ, କୃଷକ ନେତା ଶ୍ରୀରଂଜନ ମଙ୍ଗରାଜ ପ୍ରମୁଖ ଉପସ୍ଥିତ ଥିଲେ। ପିଣ୍ଡିକି ବାହୁବଳେନ୍ଦ୍ରଙ୍କ ବଂଶଧର ପ୍ରଫୁଲ୍ଲ ବାହୁବଳେନ୍ଦ୍ର, ସ୍ମୃତି କମିଟିର ଉପସଭାପତି ଅମରେନ୍ଦ୍ର ମହାପାତ୍ର, କ୍ଲବ ସମ୍ପାଦକ ପବିତ୍ର ବାହୁବଳେନ୍ଦ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଜୀବିକା ଯୋଗାଇଛି ମହୁଲ ଫୁଲ, ରୋଜଗାରର ମାଧ୍ୟମ ପାଲଟିଛି ଜଙ୍ଗଲଜାତ ଦ୍ରବ୍ୟ

ଯୋଡା (ପିଏନ୍): **(ଯୋଡାରୁ ସରୋଜିନୀ ଶତପଥି)**: ଆଦିବାସୀ ଅଧୁଷିତ କେନ୍ଦୁଝର ଜିଲ୍ଲାରେ ରହିଛି ବିଭିନ୍ନ ପ୍ରକାର ଜଙ୍ଗଲଜାତ ଦ୍ରବ୍ୟ। ବନବାସୀଏହି ଜଙ୍ଗଲଜାତ ଦ୍ରବ୍ୟକୁ ବିକ୍ରୀ କରି ନିଜର ଗୁଜରାମ ମେ ାଇ ଥାଁ। ଆଦିବାସୀଙ୍କ ଜୀବନଜୀବିକା ପାଇଁ ମହୁଲ ସଂଗ୍ରହ କରିଥାଁ। ଖରାକୁ ଖାତିର ନକରି ପରିବାରର ଛୋଟ ଠାରୁ ବଡ ପର୍ଯ୍ୟ' ଦିନରାତି ପରିଶ୍ରମ କରି ମହୁଲ ଫୁଲ ସଂଗ୍ରହ କରୁଛଁ। ଦେଖିବାକୁ ଗଲେ ଏହି ଆଦିବାସୀମାନେ ପରିଶ୍ରମ ଅନୁଯାୟୀ ସେଭଳି ପ୍ରାପ୍ୟ ପାଉ ନାହାଁ। ଜୀବନ ଜୀବିକା ସଂଘର୍ଷ କରିଚାଲିଛଁ ହେଲେ ପରିବାର ପ୍ରତିପୋଷଣ ସେମାନଙ୍କ ପାଇଁ ଦୁର୍ବିସହ ହୋଇ ପଡିଛି। ଆଦିବାସୀମାନେ ଚାଷ ଅପେକ୍ଷା ବନଜାତ ଦ୍ରବ୍ୟ ଉପରେ ସମ୍ପୂର୍ଣ୍ଣ ନିର୍ଭରଶୀଳ। ଏହି ଖରାଦିନରେ ସେମାନେ ମହୁଲ ଫୁଲ, ଶାଳପତ୍ର, ଦା'କାଠି ସମେତ ବିଭିନ୍ନ ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରିଥାଁ। ଏହି ଖରା କିଛି ମାସରେ ସେମାନେ ବିଶେଷ କରି ମହୁଲ ଫୁଲ ସଂଗ୍ରହ କରି ବେଶ୍ ଦୁଇ ପଇସା ରୋଜଗାର କରିବାରେ ସମର୍ଥ ହେଉଥିଲେ। କିଁୁ ସେମାନଙ୍କ ବନଜାତ ସାମଗ୍ରୀର ଠିକ୍ ମୂଲ୍ୟ ପାଉନାହାଁ। ବିଶେଷ କରି ମହୁଲ ବ୍ୟବସାୟୀ ମାନଙ୍କ ପ୍ରାର୍ଦୁର୍ଭାବ ଯୋଗୁଁ ଏହି ଗୋଟାଳି ମାନେ ବହୁ ସମସ୍ୟାର ସମ୍ମୁଖୀନ ହେଉଛଁ। ପ୍ରଶାସନିକ ସ୍ତରରେ ମହୁଲ ସଂଗ୍ରହ ପାଇଁ ସେଭଳି କୌଣସି ପଦକ୍ଷେପ ନିଆଯାଉନାହିଁ। ଫଳରେ ମହୁଲ ଗୋଟାଳିମାନେ ବିଶେଷ ଭାବେ ବ୍ୟବାସୀୟଙ୍କ ଉପରେ ନିର୍ଭର କରିଥାଁ। ଏଥିପ୍ରତି କେହି ଗୁରୁତ୍ୱ ଦେଉନଥିବାରୁ ମହୁଲ ଗୋଟାଳିମାନେ ଶୋଷଣର ଶୀକର ହେଉଥିବା ଅଭିଯୋଗ ହେଉଛି। କେନ୍ଦୁଝର ଜିଲ୍ଲାର ବିଭିନ୍ନ ସ୍ତାନରେ ଥିବା ପାହାଡି ତଳି ଗ୍ରାମ ଗୁଡିକରେ ବାସ କରୁଥିବା ଅଧିକାଂଶ ମହୁଲ ଫୁଲ ଓ ଫଳ ସଂଗ୍ରହ କରିବା ଏକ ଜୀବିକା କହିଲେ ଆଦୌ ଭୁଲ ହେବନାହିଁ। ଏଭଳି ଅଂଚଳରେ ବିସ୍ତୃତ ଚାଷ ଜମିର ଅଭାବ ଥିବାଯୋଗୁଁ ଲୋକେ ଚାଷ ପ୍ରତି ସେତେଟା ପ୍ରାଧାନ୍ୟ ନଦେଇ ଜୀବନ ଜୀବିକା ପାଇଁ ବଣପାହାଡ ଉପରେ ବହୁଳ ଭାବେ ନିର୍ଭର କରିଥାଁ। ବଣ ପାହାଡରେ ବିଭିନ୍ନ ପ୍ରକାର ବନ୍ୟ ଜାତୀୟ ଦ୍ରବ୍ୟ ଉପଲବ୍ଧ ହୋଇଥାଏ। ହରିଡା, ବାହାଡା, ଅଁଳା,କାଠ, ବାଉଁଶ ବିଭିନ୍ନ ପ୍ରକାର ଫୁଲ ଓ ଫଳ ସଂଗ୍ରହ କରିବା ପାହାଡି ଅଂଚଳ ଅଧିବାସୀଙ୍କ ନିତିଦିନିଆ କାମ। ଏହା ସେମାନଙ୍କର ଜୀବନ ଜୀବୀକାରେ ସହାୟକ ହୋଇଥାଏ। ଏସବୁ ବନଜାତ ଦ୍ରବ୍ୟକୁ ଲୋକେ ନିକଟସ୍ଥ ହାଟ ବଜାରରେ ବିକ୍ରୟ କରି ଅର୍ଥ ସଂଗ୍ରହ କରିଥାଁ। ସେଥିମଧ୍ୟରୁ ପାହାଡି ଇଲାକାରେ ମହୁଲ ନାମ ବୃକ୍ଷ ବହୁ ପରିମାଣରେ ଦେଖାଯାଏ। ଏହି ଗଛର କାଠ ଯେତିକି ମୂଲ୍ୟବାନ ତାର ଫୁଲ ଓ ଫଳ ସେତିକି ମୂଲ୍ୟଯୁକ୍ତ। ବସ' ଋତୁ ବେଳକୁ ମହୁଲ ଗଛରେ ପେନ୍ଥା ପେନ୍ଥା ଈଷତ ହଳଦିଆ ରଙ୍ଗର ଫୁଲ ହୁଏ। ଫୁଲ ଫୁଟିଗଲା ପରେ ତାହା ଭୂମି ଉପରକୁ ଖସିପଡେ। ଏହାକୁ ଲୋକେ ସଂଗ୍ରହ କରି ଘରେ ରଖଁ। ମହୁଲ ଫୁଲ ସଂଗ୍ରହ କରିବାର ଉପଯୁକ୍ତ ସମୟ ହେଲା ବଡି ଭୋରରୁ ଦିନ ୧୧ଟା ଯାଏଁ। ମହୁଲ ସଂଗ୍ରହକାରୀ ଗଛ ମୂଳକୁ ସଫା କରିବା ଉଦ୍ଦେଶ୍ୟରେ ପ୍ରଥମେ ନିଆଁ ଲଗାଇ ଗଛ ତଳେ ପଡିଥିବା ପତ୍ର ଲଟାବୁଦା ପୋଡି ପକାଁ। ଏହା ସହିତ ଗଛର ବକଳକୁ ଗୋଲ କରି ଚାଂଛି ଦିଅନ୍ତି। ଏହାଦ୍ୱାରା ମହୁଲ ଫୁଲ ଶୀଘ୍ର ପରିପକ୍ୱ ହଇ ତଳେ ବିଛାଡି ହୋଇ ପଡିଥାଏ। ମହୁଲ ଫୁଲ ସଂଗ୍ରହରୁ ଯେତିକି ଲାଭ ପାଇବା ପରେ ଗଛର ଫଳ ମଧ୍ୟ ଲୋକେ ସଂଗ୍ରହ କରନ୍ତି। ଏହାର ଫଳକୁ ଟୋଲ କୁହାଯାଏ।




# ଜିଆଖତ-ଜୈବିକ କୃଷିର ପ୍ରମୁଖ ଦିଗ

**ସୁବ୍ରତ କୁମାର ମହାନ୍ତି**

ଏକବିଂଶ ଶତାବ୍ଦୀରେ ଏ ଯୁଗ ଉପନୀତ । ଯୁଗ ସହ ଯେମିତି ମଣିଷ ବଦଳୁଛି, ସେମିତି ବଦଳୁଛି ଏ ସମାଜ । ବଦଳି ମଧ୍ୟ ଯାଉଛି ଜୀବନ ଧାରଣର ପ୍ରତ୍ୟେକଟି ଧାରା । ଆଉ ଏଥିରୁ କୃଷି ବା ବାଦ୍ ଯିବ କେମିତି । ପ୍ରଥମେ ଜୈବିକ ପ୍ରଣାଳୀ ଅର୍ଥାତ ଜୈବିକ ସାର, ଜୈବିକ ଉପାୟରେ ରୋଗ ପୋକ ଦମନ ଇତ୍ୟାଦି ବ୍ୟବହାର କରୁଥିବା ମଣିଷ, କ୍ରମବର୍ଦ୍ଧିଷ୍ଣୁ ଜନ ସଂଖ୍ୟାକୁ ଆଖି ଆଗରେ ରଖି ଉତ୍କଟ ରସାୟନର ବ୍ୟବହାର କରେ । ଆଉ ବର୍ତ୍ତମାନ ଉକ୍ତ ଉତ୍କଟ ରସାୟନର କୁପ୍ରଭାବର ଜନସମୁଦାୟକୁ ରକ୍ଷା କରିବା ଲକ୍ଷ୍ୟରେ ପୁନଃ ଜୈବିକ ପଦ୍ଧତି ଆଡ଼କୁ ଅଗ୍ରସର ହୁଏ । ଅତଏବ୍ ଜିଆଖତ ଏକ ପ୍ରମୁଖ ଜୈବିକ ଉପାୟ ଯେଉଁଥିରେ ଜୈବ ଅବଶେଷ ବା ବାୟୋୱେଷ୍ଟର ପୁନଃ ସଦବ୍ୟବହାର ହୋଇପାରେ । ଜଣେ ସାଧାରଣ ଚାଷୀ ପାଇଁ ପରିବେଶ ପ୍ରଦୂଷଣ ତଥା ରସାୟନିକ ସାରର ବର୍ଦ୍ଧିତ ମୂଲ୍ୟ କଥା ବିଚାରକୁ ନେଲେ, ଜିଆଖତ ପ୍ରୟୋଗ ଏକ ଉତ୍ତମ ଜୈବିକ ଉପାୟ ଯାହା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ କମ୍ ଖର୍ଚ୍ଚ ଜୈବିକ ଅବଶେଷକୁ ପୁନଃ ବ୍ୟବହାର କରିବା ଉପରେ ଗୁରୁତ୍ୱ ଦେଇଥାଏ । ଆମେ ଅନେକ ଯାଗାରେ ପଢ଼ିଛେ କୃଷକର ବନ୍ଧୁ ଜିଆ । ତେଣୁ ଜିଆକୁ ପାଳନ କରି କୃଷିଜାତ ଅବଶେଷକୁ ଖାଇବାକୁ ଦେଇ ଜିଆର ମଳ ବା ପାଚନ ନହୋଇଥିବା ଅବଶିଷ୍ଟାଂଶରୁ ବ୍ୟବହାର କରି ଯେଉଁ ଖତ ପ୍ରସ୍ତୁତ କରାଯାଏ ତାକୁ ଜିଆଖତ ବୋଲି ଆଖ୍ୟା ଦିଆଯାଏ, ଏହି ଜିଆଖତରେ ଆପାତତଃ ଶତକଡ଼ା ୩ ପ୍ରତିଶତ ଯବକ୍ଷାରଯାନ, ୧ ପ୍ରତିଶତ ଫସଫରସ, ୧.୫ ପ୍ରତିଶତ ପଟାସିୟମ ରହିଥାଏ । ତତ୍‌ସହିତ ବିଭିନ୍ନ ଜୀବସାର, ରୋଗପ୍ରତିରୋଧକାରୀ ପଦାର୍ଥ ତଥା ବହୁ ଉପକାରୀ ଜୈବଦ୍ରବକ (ଏନ୍‌ଜାଇମ) ରହିଥାଏ ଯାହା କୃଷକ ଅବଶେଷର ଜୈବବିଘଟନରେ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ । ଜିଆଖତରେ ପ୍ରୟୋଗ ଫଳରେ ମାଟିର ଉର୍ବରତା ବୃଦ୍ଧିପାଏ ଏବଂ ଯବକ୍ଷାରଜାନ ବିବନ୍ଧନ କରୁଥିବା ବୀଜାଣୁ ଗୁଡ଼ିକ ଉପରେ ଏହା ସୁପ୍ରଭାବ ପକାଇଥାଏ ।

**ପ୍ରସ୍ତୁତି ପ୍ରଣାଳୀ :**

ଜିଆଖତ ପ୍ରସ୍ତୁତିରେ କେତେଗୋଟି ଦିଗପ୍ରତି ଧ୍ୟାନ ଦେବାକୁ ପଡ଼େ ପ୍ରଥମେ ଉତ୍ତମମାନର, ଜିଆଚୟନ କରିବା ଜରୁରୀ ପରିବେଶ, ମୃତ୍ତିକାର ପ୍ରକାର, କୃଷିଜ ଅବଶେଷର ପ୍ରକାର ଇତ୍ୟାଦିକୁ ବିଚାରକୁ ନେଇ ଜିଆର



ବିଭିନ୍ନ ପ୍ରଜାତି ଚୟନ କରିବାକୁ ହୁଏ । ସାଧାରଣତଃ ଆମ ଦେଶରେ ଜିଆଖତ ପ୍ରସ୍ତୁତି ପାଇଁ ଦୁଇଟି ଜିଆ ପ୍ରଜାତିକୁ ଚୟନ କରାଯାଉଛି । ସେଗୁଡ଼ିକ ହେଲା ଏଇସିନିଆ ଫୋଏଟିଡ଼ା ଏବଂ ଇଉଡ୍ରିଲସ ଇଉଜେନି, ବଡ଼ କାଠ, ପ୍ଲାଷ୍ଟିକ ବା ସିମେଣ୍ଟ କୁଣ୍ଡ (ସର୍ବାଧିକ ୧ମି ୧ମି ୦.୫ମି) ଯେଉଁଥିରେ ପ୍ରାୟ ୧୫୦୦ ଜିଆର ବ୍ୟବହାର ହୋଇପାରିବ, ତାହାକୁ ନିଆଯାଏ ଏବଂ ଘର ଭିତରେ ଜିଆଖତ ପ୍ରସ୍ତୁତି କରିବା ସବୁବେଳେ ଗ୍ରହଣୀୟ । କୁଣ୍ଡର ତଳସ୍ତରରେ କୃଷିଜାତ ଅବଶିଷ୍ଟାଂଶ (ଜୈବବିଘଟନ ଯୋଗ୍ୟ)ର ,କ ସ୍ତର ଦିଆଯାଏ ଯାହା ୫ ସେ.ମି ଉଚ୍ଚତାର ହୋଇଥାଏ । ତା ଉପରେ ବିଘଟିତ ଗୋବରର ଏକ ୫ ସେମିର ସ୍ତର ଆଚ୍ଛାଦନ କରିବାକୁ ପଡ଼େ । ଏହିପରି ଗୋଟିଏ ପରେ ଗୋଟିଏ ସ୍ତର ଦେଲାପରେ ସର୍ବଉପର ଯଥାଯଥ ଜଳ ସିଞ୍ଚନ କରି ସଂପୂର୍ଣ୍ଣ ଆର୍ଦ୍ରତାକୁ ୩୦ ରୁ ୪୦ ପ୍ରତିଶତ ରଖାଯାଏ । ଏହା ଉପରେ ବିଘଟନକାରୀ ଜିଆକୁ ଛଡ଼ାଯାଏ ଏବଂ ଏହା ଉପରେ କିଛି ମାଟି ଘୋଡ଼ାଇ ସୂର୍ଯ୍ୟାଲୋକ ନ ପଡ଼ିବା ପାଇଁ ଅଖା ଘୋଡ଼ାଇ ଦିଆଯାଏ । ଗାଇଗୋରୁ, ଘୋଡ଼ା, ଘୁଷୁରୀ ଇତ୍ୟାଦି ମାନଙ୍କର ଶୁଖିଲା ମଳ ତଥା ଅବ୍ୟବହୃତ ପନିପରିବା ଅବଶିଷ୍ଟାଂଶ ଜିଆମାନଙ୍କର ଉତ୍ତମ ଖାଦ୍ୟ ରୂପେ କାର୍ଯ୍ୟକାରୀ । ଶୁଖିଲା ଗୋବରକୁ ସେହି ଅବସ୍ଥାରେ ଖାଦ୍ୟ ହିସାବରେ ବ୍ୟବହାର କରାଯାଇପାରେ । କିନ୍ତୁ ଉପରୋକ୍ତ ଅନ୍ୟ ଖାଦ୍ୟ ଗୁଡ଼ିକୁ ଶୁଖିଲା ଗୋବର ସାଙ୍ଗରେ ସମପରିମାଣରେ ମିଶାଇ ଖାଦ୍ୟ ହିସାବରେ ବ୍ୟବହାର କରାଯାଏ । ଯେତେବେଳେ ଖତ ପ୍ରସ୍ତୁତ ହୋଇଥାଏ, ଦୈନିକ ଜଳ ସିଞ୍ଚନ ପ୍ରକ୍ରିୟାକୁ ୨-୩ ଦିନ ପାଇଁ ବନ୍ଦ ରଖାଯାଏ । ତା'ପରେ ଉକ୍ତ ଆର୍ଦ୍ର ଜିଆଖତକୁ ବାହାରେ କିଛି ସମୟ ଗଦା କରି ଶୁଖାଇ ଦିଆଯାଏ । ଖତଗଦାର ଉପରିଭାଗରୁ ଜିଆ ଗୁଡ଼ିକ ତଳକୁ ସ୍ଥାନାନ୍ତରିତ ହୋଇଗଲା ପରେ ଏହା ଉପଯୋଗୀ ହୋଇଥାଏ ।

**ପ୍ରସ୍ତୁତ ସମୟର ସତର୍କତା :**

କେବଳ ଉଦ୍ଭିଦଜାତ ଅବଶେଷ ହିଁ ଜିଆଖତର ପ୍ରାଥମିକ ପଦାର୍ଥ ରୂପେ



ବ୍ୟବହାର ଯୋଗ୍ୟ । ପ୍ରାଣୀଜ ଅବଶେଷ ଯଥା ଅଣ୍ଡାଖୋଳପା, ମାଂସ, ହାଡ଼ ଇତ୍ୟାଦି ଜିଆଖତ ପ୍ରସ୍ତୁତି ପାଇଁ ବ୍ୟବହାର୍ଯ୍ୟ ନୁହେଁ । ଠିଆପାଣି ବା ସ୍ୱଳ୍ପ ଆର୍ଦ୍ରତା ଜିଆ ଉପରେ ନକରାତ୍ମକ ପ୍ରଭାବ ପକାଏ । ସେଥିପାଇଁ ଆର୍ଦ୍ରତା ପରିଚାଳନା ସୂଚାରୁ ରୂପେ କରିବା ସଙ୍ଗେ ସଙ୍ଗେ ଜିଆଗୁଡ଼ିକୁ ପକ୍ଷୀ, ପିମ୍ପୁଡ଼ି, ଉଇ ଏବଂ ମୂଷା ଠାରୁ ରକ୍ଷା କରାଯିବା ଉଚିତ୍ । ଜିଆଖତକୁ ନିୟମିତ ବ୍ୟବଧାନରେ ବାହାର କରାଯିବା ମଧ୍ୟ ବିଧେୟ ।

**ଜିଆଖତର ପ୍ରୟୋଗ :**

କ୍ଷେତ୍ର ଫସଲ ବା ଶସ୍ୟ, ଡାଲି ଏବଂ ଅନ୍ୟାନ୍ୟ ଫସଲରେ ହେକ୍ଟର ପିଛା ୨-୩ ଟନ୍ ଜିଆଖତ ବ୍ୟବହାର କରାଯାଏ । ମି ବୁଣିବା



ସମୟରେ ବା ଚାରା ୧୫ ସେ.ମି. ଉଚ୍ଚତା ହେବା ପରେ ଧାଡ଼ିରେ ଏହାର ପ୍ରୟୋଗ ଲାଭ ଦାୟକ ହୋଇଥାଏ । ଫଳଗଛ ଗୁଡ଼ିକରେ ଗଛର ବୟସକୁ ଦୃଷ୍ଟିରେ ରଖି ୫ଗରୁ ପିଛା ୫-୧୦ କି.ଗ୍ରା ଜିଆଖତ ଗଛ ଚାରିପାଖରେ ଏକ ରିଙ୍ଗ ବା ବେସନ୍ କରି ଗୋବରଖତ ସାଙ୍ଗରେ ମିଶାଇ ପ୍ରୟୋଗ ବିଧେୟ । ସେହିପରି ପନିପରିବା ଫସଲର ନର୍ସରୀରେ ହେକ୍ଟର ପିଛା ୧ ଟନ୍ ଜିଆଖତ ଓ ଚାରା ଲଗାଇବାର ୪୫ ଦିନ ପରେ ଜଳସେଚନ ପୂର୍ବରୁ ଗଛ ପିଛା ୫୦୦ ଗ୍ରା. ଜିଆଖତ ପ୍ରୟୋଗ ଅତ୍ୟନ୍ତ ଲାଭପ୍ରଦ ଫୁଲଗଛ ଚାଷ ବେଳେ ହେକ୍ଟର ପିଛା ୭୫୦ କି.ଗ୍ରା ଜିଆଖତ ପ୍ରୟୋଗ କରିବା ଜରୁରୀ ।

ତେଣୁ ଚାଷୀଭାଇମାନେ କୃଷି ବିଶେଷଜ୍ଞ ମାନଙ୍କ ପରାମର୍ଶ କ୍ରମେ ଏହାର ପ୍ରୟୋଗ କଲେ ସୁଫଳ ପାଇପାରିବେ ।

ସହକାରୀ ପ୍ରାଧ୍ୟାପକ,
ଶ୍ରୀ ଶ୍ରୀ ୟୁନିଭର୍ସିଟି, କଟକ

# କୃଷି ଓ କୃଷକ - ଏକ ମାର୍ମିକ ଉଚ୍ଚାରଣ



ବିଜ୍ଞାନ ରଂଜନ ସାହୁ

ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ । ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ । ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି । ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ । ଏଣୁ ସେମାନେ ଭାଗଚାଷ କରନ୍ତି । ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ । ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି । ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ । ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି । କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ । ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି । କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି । ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ । ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ । ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି । ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ । ଏହାଦ୍ୱାରା ଅଧିକ ଅମଳ ହୋଇଥାଏ । କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ । ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ । ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି । ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି । କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ । ଏଣୁ ଆମେ ଏହାକୁ ରୋକିପାରିବା ନାହିଁ । ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ । ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା





ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ । ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ । ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ । ଏବେ ପ୍ରଶ୍ନ ଉଠୁଚି– ଉତ୍ପାଦନ କରିବ କିଏ ? ଖାଦ୍ୟ ଆସିବ କେଉଁଠାରୁ । ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର । ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ ।

କୃଷକ ପାଠ୍ୟକ୍ରମ :

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ । ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ । ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା ।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ । ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ । ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ ।

କୃଷି ସ୍ନାତକୋତ୍ତର , ଓୟୁଏଟି

# ଟିଲାପିଆ - ମାଛ ଚାଷରେ ଏକ ନୂଆ ସମ୍ଭାବନା



ବିଜ୍ଞାନ ମିହିର ରାଉତ

ଟିଲାପିଆ ମାଛକୁ କେତେକ ଗରିବଙ୍କ ମାଛ ବୋଲି କହନ୍ତି । ଏହାର ମୂଳ ବାସସ୍ଥାନ ଆଫ୍ରିକା। ଆଫ୍ରିକା ମହାଦେଶ ବାହାରେ ସର୍ବପ୍ରଥମେ ଏହାର ଏକ ପ୍ରଜାତି ମୋଜାମ୍ବିକ ଟିଲାପିଆ ଚାଷ ଆରମ୍ଭ ହୋଇଥିଲା । କିନ୍ତୁଏହା କ୍ଷୁଦ୍ର, କମ୍ ଚାହିଦା ଓ କେତେକ ଅନାଦୃତ କାରଣ ବଶତ ଏହାର ଚାଷ ସଫଳ ହୋଇପାରିନଥିଲା । ପରେ ବିଂଶ ଶତାବ୍ଦୀରେ ଏକ ଉନ୍ନତ ପ୍ରଜାତିର ଟିଲାପିଆକୁ ଚାଷ କରାଯାଇ ଅଭୁତପୂର୍ବ ସଫଳତା ହାସଲ କରାଯାଇଥିଲା ।ଏହାକୁ ବିଂଶ ଶତାବ୍ଦୀର ମୁଖ୍ୟ ଜଳଜୀବ ଭାବେ ଗଣା ଯାଉଛି ।ଏହି ମାଛ ଅତ୍ୟନ୍ତ ସହନଶୀଳ ଓ ରୋଗପ୍ରତିରୋଧକ୍ଷମ ହୋଇଥାଏ । ଏହାଛଡ଼ା ୪-୬ ମାସ ଭିତରେ ବିକ୍ରିଯୋଗ୍ୟ ହୋଇଥାଏ । ଏହି ମାଛକୁ ବର୍ତ୍ତମାନ ବ୍ୟବସାୟିକ ଉଦ୍ଦେଶ୍ୟରେ ଚାଷ କରାଯାଉଛି ।

ଟିଲାପିଆର ପ୍ରାୟ ୨୦ଟିପ୍ରଜାତି ମଧ୍ୟରୁ ଅଧିକାଂଶ ଆଫ୍ରିକା ପର୍ଶ୍ଚିମପାର୍ଶ୍ୱରେ ଥିବା ନଦୀମାନଙ୍କରେ ମିଳିଥାଏ । ଏଥିରୁ ମୁଖ୍ୟତ ୯ପ୍ରକାରର ପ୍ରଜାତି ଉପଯୁକ୍ତ ମନେ ହୁଏ । ନୀଳନଦୀ ଟିଲାପିଆ ସାରା ବିଶ୍ୱରେ ମୁଖ୍ୟ ଚାଷ ଉପଯୋଗୀ ଟିଲାପିଆ ଭାବେ ଗଣା ହୋଇଥାଏ । ନୀଳ ଟିଲାପିଆ ଶଙ୍କର ଜାତୀୟ ଟିଲାପିଆ ଉତ୍ପନ୍ନ କରିବାରେ ବ୍ୟବହାର କରାଯାଇଥାଏ । ଏହା ସମୁଦାୟ ବିଶ୍ୱର ଟିଲାପିଆ ଉତ୍ପାଦନର ପ୍ରାୟ ଶତକଡ଼ା ୮୦ଭାଗ ହୋଇଥାଏ । ଏଥିପାଇଁ ସାଧାରଣତଃ ଥଣ୍ଡା ଜଳବାୟୁ ଥିବା ପରିବେଶ ଆବଶ୍ୟକ । ମୋଜାମ୍ବିଆ ଟିଲାପିଆ ନୀଳନଦୀ ଟିଲାପିଆର ପ୍ରଜାତି ଅଟେ । ଲାଲ୍ ଟିଲାପିଆ – ଏହା ପ୍ରଥମେ ତାଇୱାନରେ ଉତ୍ପାଦିତ ହୋଇଥିଲା । ଏହା ବର୍ତ୍ତମାନ ସାରା ବିଶ୍ୱରେ ଆଦୃତ ହୋଇପାରିଛି ।

ଉତ୍ପାଦନ- ଟିଲାପିଆ ଉତ୍ପାଦନରେ ମୁଖ୍ୟତ ୧୦ଟି ଦେଶ ଆଗରେ ଅଛନ୍ତି । ତନ୍ମଧ୍ୟରୁ ଏସିଆ ମହାଦେଶରେ ଚୀନ୍ ହେଉଛି ମୁଖ୍ୟ ଟିଲାପିଆ ଉତ୍ପାଦନ କାରୀ ରାଷ୍ଟ୍ର । ବିଶ୍ୱର ଅର୍ଦ୍ଧାଧିକ ଟିଲାପିଆ ଚୀନ୍ ଆସିଥାଏ । ସମୁଦାୟ ଉତ୍ପାଦନର ପ୍ରାୟ ୮୫ ଶତକଡ଼ା ମଧୁର ପାଣିରୁ ଆସିଥାଏ । ଏହାକୁ ଉଭୟ ମଧୁର ଓ କ୍ଷାର ପାଣିରେ ଚାଷ କରାଯାଇପାରେ । ଭେକଟି ମାଛ ଚାଷରେ ଏହାକୁ ମୁଖ୍ୟ ଖାଦ୍ୟଭାବେ ବ୍ୟବହାର କରାଯାଇଥାଏ ।ବିଭିନ୍ନ ଚାଷ ପଦ୍ଧତି- ପିରା ଚାଷ- ହ୍ରଦ ଓ ଜଳଭଣ୍ଡାର ମଧ୍ୟରେ ଟିଲାପିଆ



ଚାଷ କରିବାରେ ଫିଲିପାଇନ୍ସ ଅଗ୍ରଣୀ । ପିରା ଚାଷ ମାଧ୍ୟମରେ ୫ ମାସରେ ୧୦୦ ବର୍ଗମିଟରରେ ୧୭୫ ଗ୍ରାମ ହାରାହାରି ଓଜନର ୫୪୦ କିଗ୍ରା ନୀଳନଦୀ ଟିଲାପିଆ ଉତ୍ପାନନ ହୋଇପାରିଥାଏ । ସେହିପରି ଚୀନ୍, ମାଲେସିଆ ଓ ତିଂଗାପୁରରେ ଅଧିକାଂଶ ଚାଷୀ ଲାଲ୍ ଟିଲାପିଆକୁ କେନାଲ ବନ୍ଧ ଓ ଜଳଭଣ୍ଡାରରେ ପିଞ୍ଜରା ମଧ୍ୟରେ ସଘନ ଓ ଅର୍ଦ୍ଧସଘନ ଚାଷକଲା ବେଳେ ମଧ୍ୟ ବ୍ୟବହୃତ ହୋଇଥାଏ ।

ପୋଖରୀ ଚାଷ- ଫିଲିଫାଇନ୍ସରେ ଟିଲାପିଆକୁ ଏକୁଟି ଚାଷ ଏବଂ ବାଂଲାଦେଶ, ଚୀନ ଆଦି ରାଷ୍ଟ୍ରରେ ମଶ୍ରିତ ଚାଷ ଭାବେ ବ୍ୟବହାର କରାଯାଇଥାଏ । ଉତ୍ପାଦନ କ୍ଷେତ୍ରରେ ତାଇୱାନ ହେକ୍ଟର ପିଛା ହାରାହାରି ସର୍ବାଧିକ ୧୫-୨୦ ଟନ୍ ହେଉଥିବା ବେଳେ ଚୀନ୍,ଥାଇଲାଣ୍ଡ ଏହା ପଛକୁ ଅଛନ୍ତି । ଫିଲିପାଇନ୍ସରେ ୩-୪ ମାସ ଭିତରେ ୮୦-୯୦ ଶତକଡ଼ା ୧୫୦-୨୦୦ ଗ୍ରାମ ଓଜନର ୪-୭ ଟନ ଟିଲାପିଆ ଉତ୍ପନ୍ନ ହୋଇପାରିବ ।

ସେହିପରି ଦକ୍ଷିଣପୂର୍ବ ଏସିଆରେ ଇଣ୍ଡୋନେସିଆ, ଥାଇଲାଣ୍ଡ, ଭିଏତନାମ ଆଦି ଦେଶରେ ଟିଲାପିଆକୁ ମିଶ୍ରିତ ଚାଷ ଭାବରେ ମଧୁର ପାଣିରେ କୃଷି ଓ ପଶୁପାଳନ ସହ ସମ୍ମୋହିତ ଭାବେ ଚାଷ କରାଯାଇଥାଏ । ନୀଳନଦୀ ଟିଲାପିଆ ଚାଷକୁ ମୁଖ୍ୟତଃ ମଧୁର ପାଣିରେ କରାଯାଇଥାଏ । ଏହାକୁ ତାଇୱାନ, ମାଲେସିଆର କଂକ୍ରିଟ୍ ପୋଖରୀରେ ସଘନ ଚାଷ କରାଯାଇଥାଏ ।

ଏକଲିଙ୍ଗି ଚାଷ- ଟିଲାପିଆ ସାଧାରଣତଃ ୪-୬ ମାସ ବୟସ ମଧ୍ୟରେ ଉତ୍ପାଦନ କାରଯାଇଥାଏ । ଯାହା ଫଳରେ ପୋଖରୀରେ ବହୁଳ ପରିମାଣରେ ବାମନ ଆକୃତି ବିଶିଷ୍ଟ ଟିଲାପିଆ ମାଛ ମିଳିଥାଏ । ସୁତରାଂ ଏହାର ପ୍ରଜନନକୁ ନିୟନ୍ତ୍ରଣ କରିବା ଆବଶ୍ୟକ ହୋଇଥାଏ । ଅଧିକାଂଶ ଚାଷୀ ଏକଲିଙ୍ଗି ଚାଷକୁ ଗୁରୁତ୍ୱ ଦେଇଥାନ୍ତି । ସମୁଦାୟ ଚାଷ ଖର୍ଚ୍ଚର ପ୍ରାୟ ୩୪% କେବଳ ଖାଦ୍ୟ ଦ୍ୱାରା ହୋଇଥାଏ । ପିରା ଚାଷରେ ଖାଦ୍ୟର ବହୁଳ ବ୍ୟବହାର ହେତୁ ଏଥିରେ ଖାଦ୍ୟ ଖର୍ଚ୍ଚ ପ୍ରାୟ ୮୫% ହୋଇଥାଏ । କହିବାକୁ ଗଲେ ଟିଲାପିଆ ଚାଷ ଲାଭଦାୟକ ଅଟେ । ଏହି ଦୃଷ୍ଟିରୁ ଏସିଆ ଓ ଆମେରିକାର ବହୁ ରାଷ୍ଟ୍ର ଏବେ ଟିଲାପିଆ ଉତ୍ପାଦନ ଉପରେ ଗୁରୁତ୍ୱ ଦେଉଛନ୍ତି ।

ମତ୍ସ୍ୟ ଛାତ୍ର,
ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ, ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

# ବିଶ୍ୱ ମୃତ୍ତିକା ଦିବସ ଅବସରରେ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ

ଶ୍ୟାମଳ ସୁବର୍ଣ୍ଣ ଓଡ଼ିଶାର ଏକ ଅଗ୍ରଣୀ କୃଷି ଭିତ୍ତିକ ପତ୍ରିକା ଭାବରେ କୃଷି ଓ କୃଷକର ଉନ୍ନତି ପାଇଁ କାର୍ଯ୍ୟରତ । କୃଷିର ବି୍ାଶ, କୃଷକର ବିକାଶକୁ ମୂଳମନ୍ତ୍ର ଭାବେ ବିବେଚନା କରି ବିଗତ ୨୦୧୮ ଏପ୍ରିଲରୁ କୃଷି ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରକାଶିତ ଏହି ପତ୍ରିକା ନିରନ୍ତର ଭାବେ ପ୍ରକାଶ ପାଇ ଚାଷୀକୁଳ ପାଖରେ ବେଶ ସ୍ନେହ , ଶ୍ରଦ୍ଧା ସାଉଁଟିପାରିଛି । ଶ୍ୟାମଳ ସୁବର୍ଣ୍ଣ ସବୁବେଳେ କୃଷିର ବିକାଶ ସହ କୃଷକର ବିକାଶ ଉପରେ ଗୁରୁତ୍ୱ ଦେଇଥାଏ । ତେବେ ଆଗାମୀ ଡ଼ିସେମ୍ବର ୫ ତାରିଖ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଶ୍ୟାମଳ ସୁବର୍ଣ୍ଣ ତରଫରୁ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ କରାଯାଉଛି । ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାଟି ଓ ଏହାର ଉପାଦେୟତା ବିଷୟରେ ସଚେତନତା ସୃଷ୍ଟି କରାଯିବା ହିଁ ଏହାର ମୂଳ ଲକ୍ଷ୍ୟ । କୃଷି ବିଜ୍ଞାନୀ ଛାତ୍ର ଛାତ୍ରୀଙ୍କ ମଧ୍ୟରେ ମାଟି ସହ ଜନଜୀବନର ବିଶେଷତା ଉପରେ ସଚେତନତା କରାଇବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ ବୋଲି ପତ୍ରିକାର ସମ୍ପାଦକ ଡ଼ି ଶୁଭମ୍ କହିଛନ୍ତି । ଏହି ପ୍ରବନ୍ଧର ବିଷୟ ବସ୍ତୁ ରହିଛି : ମାଟି –ଚାଷର ଏନ୍ତୁଡ଼ିଶାଳ ଓ ଇଂରାଜୀ ବିଭାଗ ପାଇଁ ବିଷୟ- soil-the life giver of all existence । ଛାତ୍ରଛାତ୍ରୀ ମାନେ ଉଭୟ ଓଡ଼ିଆ ଓ ଇଂରାଜୀରେ ପ୍ରବନ୍ଧ ଲେଖି ୬୦୦-୭୦୦ ଶବ୍ଦ ମଧ୍ୟରେ ୩୦.୧୧.୨୦୨୧ ମଧ୍ୟରେ ପଠାଇବାକୁ ନିବେଦନ କରାଯାଇଛି । ପଠାଇବାର ଠିକଣା – ଇମେଲ- dshuvam97@gmail.com ଓ ଡ଼ାକ ମାଧ୍ୟମରେ – ମାର୍ଫତ- ସମ୍ପାଦକ,ଶ୍ୟାମଳ ସୁବର୍ଣ୍ଣ , ଷ୍ଟେଟ୍ ବ୍ୟାଙ୍କ ପାଖ , ବାସୁଦେବପୁର , ଭଦ୍ରକ ଠିକଣାରେ ପଠାଇପାରିବେ । ପ୍ରତିଯୋଗିତାର ଫଳାଫଳ ଆସନ୍ତା ଡ଼ିସେମ୍ବର ୫ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଘୋଷଣା କରାଯିବା ସହ ଶ୍ରେଷ୍ଠ ତିନିଜଣଙ୍କୁ ମାନପତ୍ର ଦିଆଯିବ ବୋଲି ସମ୍ପାଦକ କହିଛନ୍ତି ।

# ମୋ ସହର

## ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିନିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

## ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ୱରୂପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

## ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

## ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/ ୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧ୍ୟକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧ୍ୟକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ୍ୟ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲିକ ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

## ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜି ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।

## ବାଂଶପାଣି ରେଲସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର ଡାମେଜ କଣ୍ଟ୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/ ୨୦୨୦ ଦଫା ୧୪୭/୧୪୮/ ୪୫୨/୩୨୩/୩୨୫/୪୩୬/ ୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରୁଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗତ ହୋଇଛି । ସ୍ଥାନୀୟ ଅଧିବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଚ୍ଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣାରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଘାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳରେ ଭୟର ବା ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାତ୍ର ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ ଯୋଡା ଥାନା ପୋଲିସ ଏଯାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଯାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।

### ଜିଲ୍ଲା ଶିକ୍ଷାଧିକାରୀ କାର୍ଯ୍ୟାଳୟ ସମ୍ମୁଖରେ ଓଡ଼ିଶା ଏମଡ଼ିଏମ୍ ସଂଘର ମୟୂରଭଞ୍ଜ ଶାଖା ପକ୍ଷରୁ ବିକ୍ଷୋଭ

ବାରିପଦା,(ପିଏନ)- ମୟୂରଭଞ୍ଜ ଜିଲ୍ଲାରେ ଥିବା ବିଭିନ୍ନ ବିଦ୍ୟାଳୟଗୁଡ଼ିକରେ କାର୍ଯ୍ୟରତ ଏମ୍‌ଡ଼ିଏମ୍ ପାଚିକା ଓ ସହାୟିକାମାନଙ୍କର ୨୮ ମାସର ଏରିଆର ପ୍ରଦାନ ସହ ବକେୟା ୩ ମାସର ଦରମା ଏବଂ ବେଆଇନ ଭାବେ ଛଟେଇ ହୋଇଥିବା ପାଚିକା ଓ ସହାୟିକାମାନଙ୍କୁ ପୁନଃ ନିଯୁକ୍ତି ବାଦିରେ ଆଜି ଓଡ଼ିଶା ଏମଡ଼ିଏମ ୱାର୍କାରସ୍ ୟୁନିୟନର ମୟୂରଭଞ୍ଜ ଶାଖା ପକ୍ଷରୁ ମୟୂରଭଞ୍ଜ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ କରୋନା ମାର୍ଗଦର୍ଶୀକା ଅନୁପାଳନ ପୂର୍ବକ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା । ଓଡ଼ିଶା ଏମଡ଼ିଏମ ୱାର୍କାରସ୍ ୟୁନିୟନର କୋଷାଧ୍ୟକ୍ଷ ଅମଳ ଦେଙ୍କ ପୌରହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିକର୍ତନ କବି, ପ୍ରଶାନ୍ତ ପରିଡ଼ା, କୁଞ୍ଜଲତା ମହାନ୍ତ, ସନ୍ଧ୍ୟା ବେହେରା, ମାଳତୀ ମହାନ୍ତ, ରଞ୍ଜିତା ରାଉତ, ମେରିଆ ହାଁସଦାଃ, ବୀଣାପାଣି ନାୟକ, ଆଲାଦି ହେମ୍ବ୍ରମ, କାଲୁ ଦେହୁରୀ, ମଞ୍ଜୁଳା ମହାନ୍ତ, ଆରତୀ କବି, ଅନ୍ନପୂର୍ଣ୍ଣା ବାରିକ ପ୍ରମୁଖ ଯୋଗ ଦେଇ ନିଜ ନିଜର ମତ ଉପସ୍ଥାପନ କରାଇଥିଲେ । ଏହାପରେ ଏକ ପ୍ରତିଧି ଦଳ କାର୍ଯ୍ୟାଳୟକୁ ଯାଇ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ସହ ସେମାନଙ୍କ ୮ ଦଫା ଦାବିଗୁଡ଼ିକ ଉପରେ ଆଲୋଚନା କରିଥିଲେ ଏବଂ ଜିଲ୍ଲା ଶିକ୍ଷା ଅଧିକାରୀ ୩ ମାସର ବକେୟା ଦରମା ପ୍ରଦାନ ନିମନ୍ତେ ବିଲ ଯାଇଛି । ପାଶ ହୋଇ ଆସିବା ପରେ ପ୍ରଦାନ କରାଯିବ । ଏଥି ସହିତ ୨୮ ମାସର ଏରିଆର ଟଙ୍କା ପ୍ରଦାନ ନିମନ୍ତେ ବିଲ ଯାଇଛି । ଭୂବନେଶ୍ୱରରୁ ପାଶ ହୋଇ ଆସିଲେ ମିଳିଯିବ ଏବଂ ଛଟେଇ ପାଚିକା ଓ ସହାୟିକାମାନଙ୍କ ଫାଇଲକୁ ଅନୁଧ୍ୟାନ କରି ବିହିତ ପଦକ୍ଷେପ ଗ୍ରହଣ କରିବେ ବୋଲି ନିର୍ଭର ପ୍ରତିଶ୍ରୁତି ପ୍ରଦାନ କରିଥିଲେ । ସେହିପରି ଯେଉଁ ଦାବିଗୁଡ଼ିକ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କ୍ଷମତା ପରିସରର ବାହାରେ ସେଗୁଡ଼ିକ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରେରଣ କରାଇବେ ବୋଲି ପ୍ରକାଶ କରିଥିଲେ ।

### ବିଶ୍ୱ ହସ୍ତ ପ୍ରକ୍ଷାଳନ ଦିବସ ପାଳିତ

ନୂଆପଡା, (ପିଏନ)- ନୂଆପଡା ଜିଲ୍ଲା ଖଡିଆଳ ସ୍ୱୟଂଶାସିତ କଲେଜ ଠାରେ ଯୁବ ରେଡକ୍ରସ ଓ ୱାଟର କ୍ଲବ ତରଫରୁ ବିଶ୍ୱ ହସ୍ତ ପ୍ରକ୍ଷାଳନ ଦିବସ ଗୁରୁବାର ପାଳିତ ହୋଇଯାଇଛି । ପ୍ରଥମେ ମହାବିଦ୍ୟାଳୟ ସମ୍ମୁଖରେ ଯୁବ ରେଡକ୍ରସ ସ୍ୱେଚ୍ଛାସେବୀ ମାନଙ୍କୁ ନେଇ ଯୁବ ରେଡକ୍ରସ ପରାମର୍ଶଦାତା ଡଃ ତରୁଣ କୁମାର ପ୍ରଧାନ ହସ୍ତ ପ୍ରକ୍ଷାଳନର ବିଭିନ୍ନ ନିୟମ ଦର୍ଶାଇଥିଲେ । ଏଥିରେ ଡିନ୍ ପ୍ରମୋଦ କୁମାର ସାହୁ ମୁଖ୍ୟ ଅତିଥି ଭାବରେ ଯୋଗଦାନ କରି ସାବୁନ ଓ ଜଳ ଦ୍ୱାରା ହସ୍ତ ପ୍ରକ୍ଷାଳନ କରି ବିଭିନ୍ନ ରୋଗ ଓ ଭୂତାଣୁ ଠାରୁ ନିଜକୁ ରକ୍ଷା କରିପାରିବା ବୋଲି ପ୍ରକାଶ କରିଥିଲେ । ପରେ କଲେଜ ଅଧକ୍ଷା ଅନୁପମା ପାଢୀଙ୍କ ଅଧକ୍ଷତାରେ ଏକ ଭର୍ଚୁଆଲ ସଭା ଅନୁଷ୍ଠିତ ହୋଇଥିଲା । ଏଥିରେ ଅଧକ୍ଷା ଓ ରେଡକ୍ରସ ପରାମର୍ଶଦାତା ବିଶ୍ୱ ହସ୍ତ ପ୍ରକ୍ଷାଳନ ଦିବସର ମହତ୍ୱ ଉପରେ ଆଲୋକପାତ କରିଥିଲେ । ଯୁବ ରେଡକ୍ରସ ସ୍ୱେଚ୍ଛାସେବୀ ସଂସ୍କୃତି ବାବୁ ହସ୍ତ ପ୍ରକ୍ଷାଳନର ନିୟମ ଓ ଅନୁଶୀଳନ ଉପରେ ପାୱାର ପାଏ ମାଧ୍ୟମରେ ବକ୍ତବ୍ୟ ରଖିଥିଲେ ।

## ସାମ୍ବାଦିକ ସଂଘ ଓ ବନବିଭାଗ ପକ୍ଷରୁ ବୃକ୍ଷରୋପଣ



ନବରଙ୍ଗପୁର,(ପି.ଏନ) : ନବରଙ୍ଗପୁର ଜିଲ୍ଲା ୱାର୍କିଙ୍ଗଜର୍ଣ୍ଣାଲିଷ୍ଟ ୟୁନିୟନ ଓ ବନବିଭାଗ ମିଳିତ ଉଦ୍ୟମରେ ନବରଙ୍ଗପୁର ୨୬ନମ୍ବର ଜାତୀୟରାଜପଥ ପାର୍ଶ୍ୱର ବୃକ୍ଷରୋପଣ କରାଯାଇଛି । ୨୭ନମ୍ବର ଜାତୀୟରାଜପଥର ଫୁଲ ଯୋଡ଼ି ପୋଲ ଠାରୁ ଇନ୍ଦ୍ରାବତୀ ପୋଲ ପର୍ଯ୍ୟନ୍ତ ରାସ୍ତାର ଉଭୟ ପାର୍ଶ୍ୱ ରେ ୨୦୦ ବୃକ୍ଷରୋପଣ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ନବରଙ୍ଗପୁର ସାଂସଦ ବଳଭଦ୍ର ମାଝୀ, ସମ୍ମାନିତ ଅତିଥି ଡିଏଫଓ ଶୁଭେନ୍ଦୁ ପ୍ରସାଦ ବେହେରା, ରେଞ୍ଜର ଗୋପିନାଥ ସାହୁ, ୱାର୍କିଙ୍ଗଜର୍ଣ୍ଣାଲିଷ୍ଟ ୟୁନିୟନ୍ ର ଉପସଭାପତି କିଶୋର ପଟ୍ଟନାୟକ, ସଂପାଦକ ଏ.ସତୀଶ, ରବି ପଟ୍ଟନାୟକ, କରେଶ ଉପାସୀ, ଦେବୀପ୍ରସାଦ ପଟ୍ଟନାୟକ, ଅମ୍ବିକା ଦାଶ, ସି.ଏଚ୍.ଈଶ୍ୱର ରାଓ, ସୁକାନ୍ତ ରଥ ପ୍ରମୁଖ ଯୋଗଦେଇ ବୃକ୍ଷରୋପଣ କରିଛନ୍ତି । ସୂଚନାଯୋଗ୍ୟ, ଦିନ କୁ ଦିନ ଜଳବାୟୁ ପରିବର୍ତ୍ତନ ଯୋଗୁ ତାପମାତ୍ରା ବୃଦ୍ଧି ପାଇବାରେ ଲାଗିଛି । ଏଥି ପାଇଁ ନବରଙ୍ଗପୁର ସହରରେ ସବୁଜ ବଳୟ ସୃଷ୍ଟି କରିବା ଲକ୍ଷ୍ୟରେ ୱାର୍କିଙ୍ଗଜର୍ଣ୍ଣାଲିଷ୍ଟ ୟୁନିୟନ ପକ୍ଷରୁ 'ମିଶନ ଅକ୍ସିଜେନ୍ ' କାର୍ଯ୍ୟକ୍ରମ ହାତକୁ ନିଆଯାଇଛି । ଏହି କାର୍ଯ୍ୟକ୍ରମ କୁ ସଫଳ କରିବା ପାଇଁ ବନବିଭାଗ ସହାୟତାରେ ସରକାରୀ, ବେସରକାରୀ ଅନୁଷ୍ଠାନ, ଶିକ୍ଷା ଅନୁଷ୍ଠାନ, ବିଭିନ୍ନ ସଂଗଠନର ମିଳିତ ଉଦ୍ୟମରେ ବୃକ୍ଷରୋପଣ କୁ ବ୍ୟାପକ କରିବା ଯୋଜନା ପ୍ରସ୍ତୁତ ହୋଇଥିଲା । ବିଭିନ୍ନ ଅନୁଷ୍ଠାନ ନିଜସ୍ୱ ଉଦ୍ୟମରେ ଶତାଧିକ ବୃକ୍ଷରୋପଣ ଜାରୀ ରଖିଛନ୍ତି । ମିଳିତ ପ୍ରୟାସରେ କାର୍ଯ୍ୟକାରୀ କରାଯାଉଥିବାରୁ ମିଶନ ଅକ୍ସିଜେନ୍ କାର୍ଯ୍ୟକ୍ରମ କୁ ସାଂସଦ ବଳଭଦ୍ର ମାଝୀ ଓ ଡିଏଫଓ ଶୁଭେନ୍ଦୁ ପ୍ରସାଦ ବେହେରା ପ୍ରଶଂସା କରିଛନ୍ତି । ଏହି କାର୍ଯ୍ୟକ୍ରମ କୁ ନିରନ୍ତର ଭାବେ ପ୍ରତି ବର୍ଷ ଜାରୀ ରଖିବାକୁ ୟୁନିୟନର ଉଦ୍ୟମ ଜାରୀ ରଖିବ ବୋଲି ଉପସଭାପତି କିଶୋର ପଟ୍ଟନାୟକ ପ୍ରକାଶ କରିଥାନ୍ତି ।




2024-2025
ADMISSION OPEN
Maharishi Public School, Baripada
STD-NURSERY TO VIII
ENROLL YOUR CHILD TODAY
Special discount for new admission before 15.03.2024
Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on Facebook.com/Mps, Baripada

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Saturday August 24 2024 ଭୁବନେଶ୍ୱର ଶନିବାର, ଅଗଷ୍ଟ ୨୪,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ଗଜପତି ଆଇନ ସେବା ପ୍ରାଧିକରଣ ତରଫରୁ ଡ୍ରପ୍‌ଆଉଟ୍ ଛାତ୍ରଛାତ୍ରୀଙ୍କ ନାମଲେଖା ପାଇଁ ସଚେତନତା ଶିବିର

ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ଗାରାବନ୍ଧ ପଞ୍ଚାୟତ କାର୍ଯ୍ୟାଳୟ ଠାରେ ଡ୍ରପ୍‌ଆଉଟ୍ ଛାତ୍ରଛାତ୍ରୀଙ୍କ ନାମଲେଖା ନିମନ୍ତେ ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ପାରଳା ଆଇନସେବା ପ୍ରାଧିକରଣର ସଚିବ ବିମଳ ରାଉଳ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ମାଗଣା ଆଇନସେବା ବିଷୟରେ ସଚେତନତା କରାଇବା ସହିତ ଡ୍ରପ୍‌ଆଉଟ୍ ଛାତ୍ରଛାତ୍ରୀ କିପରି ଅଧିକରୁ ଅଧିକ ନାମଲେଖା କରାଇବେ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ବୁଝାଇଥିଲେ। ଅନ୍ୟତମ ଅତିଥି ଭାବେ ଗୋଷାଣୀ ବିଡିଓ ଅଜୟ କୁମାର ପ୍ରଧାନ ଯୋଗ ଦେଇ ସରକାରଙ୍କ ବିଭିନ୍ନ ଜନମଙ୍ଗଳ ଯୋଜନା ବିଷୟରେ ସଚେତନତା କରାଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଇଓ ଟି



କିଶୋର କୁମାର ଯୋଗ ଦେଇ ଶିକ୍ଷା ଅଧିକାର ଆଇନ ଏବଂ ବିଦ୍ୟାଳୟରେ ଅନୁପସ୍ଥିତ ଥିବା ଛାତ୍ରଛାତ୍ରୀଙ୍କୁ ପୁଣିଥର ବିଦ୍ୟାଳୟକୁ ଫେରାଇ ଆଣିବା ନେଇ ସଚେତନ କରାଇଥିଲେ। ପଞ୍ଚାୟତ ସରପଞ୍ଚ ପି.ଅଶୋକ କୁମାର, ପିଇଓ ଅଶୋକ କୁମାର ପାତ୍ର, ନାଏବ ସରପଞ୍ଚ ଡି.ମାଧୁରୀ ପ୍ରମୁଖ ଯୋଗ ଦେଇ ନିଜନିଜର ମତବ୍ୟକ୍ତ କରିଥିଲେ ।

## ଗଜପତିରେ ଅବକାରୀ ବିଭାଗ କୋମାରେ

ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲାରେ ଅବକାରୀ ବିଭାଗ କୋମାରେ ରହିଥିବା ଅନୁଧ୍ୟାନରୁ ଜଣା ପଡିଛି. ଅବକାରୀ ବିଭାଗ ଚେଇଁ ଶୋଇଥିବାବେଳେ ଗଜପତି ଜିଲ୍ଲାରେ ପୋଲିସ କରୁଛି ଅବକାରୀ ବିଭାଗର କାର୍ଯ୍ୟ. ଅନେକ ସମୟରେ ଦେଶୀ ଚୋରା ମଦ କାରବାରରେ ଅବକାରୀ ବିଭାଗ କୌଣସି ପଦକ୍ଷେପ ଗ୍ରହଣ କରୁନଥିବା ଯୋଗୁଁ ପୋଲିସ ଚଢ଼ଉ କରି ଦେଶୀ ମଦ କାରବାରକୁ ଜବତ କରୁଛି. ଗତ ୨ ଦିନ ତଳେ ଗଜପତିର ଗାରାବନ୍ଧ ପୋଲିସ ଅବକାରୀ ବିଭାଗର ମାସିକ ପାଉଣାରେ ଚୋରା ଦେଶୀ ମଦ ଭାଟିରେ ମଦ ତିଆରି ପାଇଁ କଳାସିଂହ ଗ୍ରାମରେ ଗଚ୍ଛିତ ଥିବା ମହୁଲ ପୋଚ୍‌କୁ ଜବତ କରି ପୋଲିସ ନଷ୍ଟ କରିଥିବା ଜଣା ଯାଇଛି। ବେଆଇନ ଦେଶୀ ମଦ କାରବାର ବୃଦ୍ଧି ପାଉଥିଲେ ମଧ୍ୟ ବିଭାଗୀୟ କର୍ତ୍ତୃପକ୍ଷ ନୀରବଦ୍ରଷ୍ଟା ସାଜିଥିବା ଅଭିଯୋଗ ହେଉଛି। ଜିଲ୍ଲାରେ ହାତଗଣତି ଦେଶୀ ମଦ ଭାଟି ରହିଥିଲେ ମଧ୍ୟ ବିଭିନ୍ନ ସ୍ଥାନରେ ଚୋରାରେ ରନ୍ଧା ଦେଶୀ ମଦ ପ୍ରଚୁର ପରିମାଣରେ ମିଳୁଛି । ପାରଳାଖେମୁଣ୍ଡି ସହରରେ ସରକାରୀ ଲାଇସେନ୍ସ ସ୍ୱୀକୃତ କୌଣସି ଦେଶୀ ମଦ କାଉଣ୍ଟର ନ ଥିଲେ ହେଁ ମହେନ୍ଦ୍ରତନୟା ନଦୀତଟ, ରାମନଗର, ମାର୍କେଟ ସାହି, ଜାଗିଲି ସାହି ଆଦିରେ ଦେଶୀ ମଦ ପାଉଚ୍ ବିକ୍ରି ହେଉଛି। ସେହିପରି ଚୋରା ରନ୍ଧା ମଦ



ମଧ୍ୟ ଖୋଲାଖୋଲି ଭାବେ ବିକ୍ରି ହେଉଛି । କାଶୀନଗର ବ୍ଲକରେ ଅବକାରୀ ସ୍ୱୀକୃତପ୍ରାପ୍ତ ଏକ ମାତ୍ର ଭାଟି ଚାଲୁ ରହିଥି?ବା ବେଳେ ଅନ୍ୟ କେଉଁରେ ମଦଭାଟି ପାଇଁ ଲାଇସେନ୍ସ ନ ଥିବା ଜଣାପଡ଼ିଛି। ଏପରି ସ୍ଥଳେ ପ୍ରଚୁର ପରିମାଣର ଦେଶୀ ମଦ କେଉଁଠାରୁ ଆସୁଛି ତାହା ତଦନ୍ତ ସାପେକ୍ଷ ଅବକାରୀ ବିଭାଗ ନାମକୁମାତ୍ର କେତେଟି ସ୍ଥାନରେ ଚଢ଼ଉ କରି ଦାୟିତ୍ୱ ମୁକ୍ତ ହେଉଥିଲେ ମଧ୍ୟ ସେପରି ଆଖିଦୃଶିଆ ଚଢ଼ଉ କରୁ ନ ଥିବାରୁ ଅବାଧ ଦେଶୀ ମଦ କାରବାର ବୃଦ୍ଧି ପାଉଛି ଓ ପାରଳା ସହର ସମେତ ଗଜପତି ଜିଲ୍ଲାର ଗୁମ୍ମା, କାଶୀନଗର, ମୋହନା, ନୂଆଗଡ, ରାୟଗଡ଼, ଆର. ଉଦୟଗିରି, ଗୋଷାଣୀ ଆଦି ବ୍ଲକରେ ଅବକାରୀ ବିଭାଗର ସମ୍ପୂର୍ଣ୍ଣ ଜ୍ଞାତସାରରେ ଚୋରା ଦେଶୀ ମଦ ଭାଟି ରହିଥିବାବେଳେ ଗ୍ରାମାଞ୍ଚଳରେ ଶତାଧିକ ଚୋରା ମଦ ବିକ୍ରୟ କେନ୍ଦ୍ରରେ ଏପରି ଅବାଧ ଦେଶୀ ମଦ ବିକ୍ରି ଖୋଲାଖୋଲି ଭାବେ ହେଉଛି । ତାହାକୁ ରୋକା ନ ଗଲେ ଗଂଜାମ ଜିଲ୍ଲା ମଦ ମୃତ୍ୟୁ ଘଟଣା ଭଳି ଏଠାରେ ମଧ୍ୟ ମଦମୃତ୍ୟୁ ମାମଲା ହେବା ସମ୍ଭାବନା ରହିଛି ବୋଲି ସାଧାରଣରେ ମତ ପ୍ରକାଶ ପାଇଛି. ଜିଲ୍ଲା ପ୍ରଶାସନ ଏଥି ପ୍ରତି ଧ୍ୟାନ ଦେଇ ଅବାଧ ଦେଶୀମଦ କାରବାରକୁ ରୋକିବା ପାଇଁ ପ୍ରୟାସ କରିବାକୁ ଦାବି ହେଉଛି। ଏଠାରେ ସୂଚନାଯୋଗ୍ୟଯେ, ଗଜପତି ଜିଲ୍ଲା ଗୋଷାଣି ବ୍ଲକ ଗାରାବନ୍ଧ ପୁଲିସ ପକ୍ଷରୁ କଳାସିଂହ ଗ୍ରାମରେ ଚୋରା ଦେଶୀମଦ ପ୍ରସ୍ତୁତି ପାଇଁ ଥିବା ମହୁଲ ପୋଚ୍‌କୁ ଜବତ କରାଯାଇ ନଷ୍ଟ କରାଯାଇଛି। ଏହି ଅଚାନକ ଚଢ଼ଉର ନେତୃତ୍ୱ ନେଇଥିଲେ ସ୍ଥାନୀୟ ଥାନା ଅଧିକାରୀ ପ୍ରଶାନ୍ତ କୁମାର ନିସିକାଙ୍କ ସହ ଏସ୍ ?ଆଇ ନାରାୟଣ ଦାସ ଏବଂ ଗାରାବନ୍ଧ ପୁଲିସ କର୍ମଚାରୀ। ଗତ କିଛି କିଛିଦିନ ପୂର୍ବ ? ଗଞ୍ଜାମ ଜିଲ୍ଲା ଚିକିଟି ବ୍ଲକ ଅଞ୍ଚଳରେ ଚୋରା ଦେଶୀମଦ ପିଇ ଦୁଇ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ଏକାଧିକ ବ୍ୟକ୍ତି ବର୍ତ୍ତମାନ ସୁଦ୍ଧା ଚିକିତ୍ସାଧୀନ ଥିବା । ଜଣାପଡ଼ିଛି। ସେହିପରି ଗଜପତି ଜିଲ୍ଲାର ଅନେକ ଅଞ୍ଚଳରେ ଚୋରା ଦେଶୀମଦ ପ୍ରସ୍ତୁତି ହୋଇ ଚୋରାରେ ବିକ୍ରି ହେଉଥିବା ବେଳେ ଅବକାରୀ ଏବଂ ସ୍ଥାନୀୟ ପୁଲିସ ସ୍ୱତନ୍ତ୍ର ଦୃଷ୍ଟି ଦେଇ ଚୋରାମଦ ପ୍ରସ୍ତୁତି ସ୍ଥାନ ଚିହ୍ନଟ କରି ଏହାକୁ ବନ୍ଦ କରିବା ପାଇଁ ସାଧାରଣରେ ଦାବି ହେବା ସହ ଆଗାମୀ ଦିନରେ ଯେପରି ଅକାଳରେ ମଦ ପିଇ ନିରୀହ ଜୀବନ ନଯାଏ ସେଥିପ୍ରତି ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଅନୁରୋଧ କରିଛନ୍ତି।

## ମିଡିଆ ଫୋରମ ପକ୍ଷରୁ ସ୍ୱର୍ଗତ କ୍ୟାମେରା ମ୍ୟାନ ଦୁଃଖୀ ଶ୍ୟାମ ପ୍ରଧାନଙ୍କୁ ଅଶ୍ରୁଳ ଶ୍ରଦ୍ଧାଞ୍ଜଳୀ

ଫୁଲବାଣୀ : କନ୍ଧମାଳ ଜିଲ୍ଲା ମିଡିଆ ଫୋରମ ପକ୍ଷରୁ ସ୍ୱର୍ଗତ ବରିଷ୍ଠ କ୍ୟାମେରା ମ୍ୟାନ ଦୁଃଖୀ ଶ୍ୟାମ ପ୍ରଧାନଙ୍କ ଅକାଳ ବିୟୋଗରେ ସ୍ଥାନୀୟ ଜିଲ୍ଲା ପ୍ରେସ କ୍ଲବ ଠାରେ ଏକ ଶୋକ ସଭା ଆୟୋଜନ କରାଯାଇଥିଲା କ୍ଷ ସର୍ବପ୍ରଥମେ ସମ୍ପାଦକ ଶିବ ବିଶ୍ୱାଳ ଉପସ୍ଥିତ ସମସ୍ତ ସଦସ୍ୟଙ୍କୁ ସ୍ୱାଗତ କରିବା ସହ ସଭାପତି ସୂର୍ଯ୍ୟ ନାରାୟଣ ବେହେରାଙ୍କୁ ସଭା ପରିଚାଳନା କରିବା ପାଇଁ ଅନୁରୋଧ କରିଥିଲେ କ୍ଷ ସଭାପତି ଅନୁରୋଧ କ୍ରମେ ସ୍ୱର୍ଗତ ଦୁଃଖୀ ଭାଇଙ୍କ ଅମର ଆତ୍ମାର ସଦଗତି ନିମନ୍ତେ ଭଗବାନଙ୍କ ନିକଟରେ ଦୁଇ ମିନଟ ନୀରବ ପ୍ରାର୍ଥନା ପୂର୍ବକ ଫୋଟ ପ୍ରତିଛବି ରେ ପୁଷ୍ପ ଓ ଧୂପ ପ୍ରଦାନ କରାଯାଇଥିଲା । ପରେ ସଂଘର ବରିଷ୍ଠ ଉପଦେଷ୍ଟା ତଥା ସାମ୍ବାଦିକ ଗୋପାଳ କୃଷ୍ଣ ପଟ୍ଟନାୟକ ଦୁଃଖୀ ଶ୍ୟାମଙ୍କ ସ୍ମୃତି ଉଚ୍ଚାରଣ କରିଥିଲେ କ୍ଷ ଏଥି ସହିତ ପୂର୍ବତନ ଚାଇଲ୍ଡ ଲାଇନ ସଦସ୍ୟ ଶିବ ବେହେରା ସ୍ୱର୍ଗତ ଦୁଃଖୀ ଭାଇ ଜଣେ ହସଖୁସି ମିଜାଜ ଓ ମେଳାପୀ ଥିଲେ କ୍ଷ ସାନଙ୍କୁ ଶ୍ରଦ୍ଧା ବଡ଼ଙ୍କୁ ସମ୍ମାନ ପ୍ରଦାନ କରୁଥିଲେ ବୋଲି କହିଥିଲେ କ୍ଷ ତାଙ୍କ ସ୍ମୃତିରେ ସଦସ୍ୟ ମାନେ ନିଜ ନିଜର ଅଭିଜ୍ଞତା ସମ୍ବନ୍ଧରେ କିଛି କିଛି ବକ୍ତବ୍ୟ ରଖିଥିଲେ କ୍ଷ ଅନ୍ୟ ମାନଙ୍କ ମଧ୍ୟରେ ସଂଘର ଉପସଭାପତି ରମେଶ ଚନ୍ଦ୍ର ପ୍ରଧାନ, ଆଦିତ୍ୟ ପ୍ରସାଦ ତ୍ରିପାଠୀ, ବ୍ରଜ ମୋହନ ନାୟକ, ବୈଦ୍ୟ ନାଥ ନାୟକ, ଶିବ ପ୍ରସାଦ ନାୟକ, ରଞ୍ଜନ ଦାସ, ପ୍ରଶାନ୍ତ ଜେନା, ଶିବ ରାମ ନାୟକ,ପ୍ରଶାନ୍ତ ପଣ୍ଡା, ରଞ୍ଜିତ କୁମାର ଦିଗାଲ, ସୁଧୀର ମହାରଣା ପ୍ରମୁଖ ଉପସ୍ଥିତ ଥିଲେ ।

## ବାସୁଦେବପୁରରେ ଧରାପଡିଲେ ଗଞ୍ଜେଇ ବେପାରୀ

ବାସୁଦେବପୁର,(ପି.ଏନ): ଭଦ୍ରକ ଜିଲ୍ଲା ବାସୁଦେବପୁର ଅଞ୍ଚଳ ରେ ପଶ୍ଚିମବଙ୍ଗର ଗଞ୍ଜେଇ ବେପାରୀ ଙ୍କ ରାଜ ଦିନକୁ ଦିନ ବଢିବାରେ ଲାଗିଥିବାବେଳେ ଗତକାଲି ଅପରାହ୍ନରେ ବେତଡା ଗୋରୁ ହାଟ ନିକଟରୁ ତିନି ଜଣ ଙ୍କୁ ଗିରଫ କରିଛି ବାସୁଦେବପୁର ପୋଲିସ । ଏହି ଅବସରରେ ବାସୁଦେବପୁର ଥାନା ପରିସରରେ ଏକ ଖବର ଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି ବାସୁଦେବପୁର ଆଇ ଆଇ ସି ଲୋପାମୁଦ୍ରା ନାୟକ। ବାସୁଦେବପୁର ପୋଲିସ କୌଣସି ସୂତ୍ରରୁ ଖବର ପାଇ ଆଇଆଇସି ଲୋପାମୁଦ୍ରା ନାୟକ ଙ୍କ ତତ୍ୱାବଧାନରେ ଏସଆଇ ପୁନମ ଦେବୀ ବେହେରା, ଏସଆଇ ଅଧିକାରୀ ଦେବି ପ୍ରସାଦ ମହାପାତ୍ର ଙ୍କ ସହିତ କନେଷ୍ଟବଳ ସଞ୍ଜୟ ମହନ୍ତ ବେତଡା ଗୋରୁ ହାଟ ଛକରୁ ଗଞ୍ଜେଇ ବେପାରୀ ଏକ ୱାଗନର ଗାଡି ( ଡବ୍ଲୁ ବି ୦୨ଏସ ୨୧୪୩ ) ରେ ଗଞ୍ଜେଇ ଭର୍ତ୍ତି କାରଟିକୁ କାବୁ କରିଥିଲେ ଏବଂ ତିନି ଜଣ ଗଞ୍ଜେଇ ବେପାରୀ ଙ୍କ ସହିତ ୨୦ କିଲୋଗ୍ରାମ ରୁ ଅଧିକ ଗଞ୍ଜେଇ , ଏକ ୱାଗନର ଗାଡି ( ଡବ୍ଲୁ ବି ୦୨ଏସ ୨୧୪୩ ) ,ଏକ ହୋଣ୍ଡା ୟୁନିକନ ମଟରସାଇକେଲ ( କେ ଏ ୦୨ ଇ ଏସ ୨୩୪ ) , ତିନୋଟି ମୋବାଇଲ, ନଗଦ ୫୦୦୦୦ ଟଙ୍କା ଜବତ୍ କରିଥିଲେ। ଗିରଫ ହୋଇଥିବା ତିନି ଜଣ ପଶ୍ଚିମ ବଙ୍ଗର ୨୪ ପ୍ରଗଣାର କାଲୁ ହଲଦାର (୩୭), ମୋସରାଫିଲ୍ ଲସ୍କର (୧୯), ସଞ୍ଜୟ ସରକାର (୪୭)। ଏହି ଘଟଣାରେ ଗିରଫ ହୋଇଥିବା ତିନି ଜଣଙ୍କୁ କେଶ ନଂ ୫୩୫/୨୪ରେ ୟୁ/ଏସ - ୨୦ ( ବି)( ସସ )(ସି) ଏନଡିପିଏସରେ ଏକ ମାମଲା ରୁଜୁ କରି କୋର୍ଟ ଚାଲାଣ କରିଛି ବାସୁଦେବପୁର ପୋଲିସ। ସେହିପରି ଭାବରେ ବାସୁଦେବପୁର ଅବକାରୀ ବିଭାଗ ପକ୍ଷରୁ ଜଣେ ଗଞ୍ଜେଇ ବେପାରୀ ଙ୍କୁ ଗିରଫ କରିବା ସହିତ ୯ କିଲୋଗ୍ରାମ ର ଗଞ୍ଜେଇ ଜବତ୍ କରିଥିବା ଅବକାରୀ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ସୂଚନା ଅନୁଯାୟୀ ଗତକାଲି ସକାଳ ପ୍ରାୟ ୯ଟା ସମୟରେ କୌଣସି ସୂତ୍ରରୁ ଖବର ପାଇ ବାସୁଦେବପୁର ଅବକାରୀ ବିଭାଗ ପକ୍ଷରୁ ସୁପରିନଟେଣ୍ଡେଣ୍ଟ ନରୋତ୍ତମ ମିଶ୍ରଙ୍କ ନିର୍ଦ୍ଦେଶକ୍ରମେ ଓ ଆଇ ସି ନଟବର ମଲ୍ଲିକ୍ ଏବଂ ତାଙ୍କ ଟିମ୍ ଙ୍କ ମିଳିତ ଭାବରେ ଚଢାଉ କରି ମାତାଜୀମଠ ଛକରୁ ଗଞ୍ଜେଇ ବେପାରୀଙ୍କୁ ଗିରଫ କରିବା ସହିତ ଏକ ହୁଣ୍ଡାଇ କାର ( ଓ ଡି ୦୧ ୱାଇ ୬୫୬୯ ) ଏବଂ ନଗଦ ୧୨୦୦୦ ଟଙ୍କା ଜବତ୍ କରିଥିଲେ। ଗିରଫ ହୋଇଥିବା ଗଞ୍ଜେଇ ବେପାରୀ ବେତଡା ଚନ୍ଦନପୁର ଗ୍ରାମ ର କଳ୍ପତରୁ ବିଶ୍ୱାଳଙ୍କୁ କେଶ ନଂ ୬୬/୨୪ରେ ଏକ ମାମଲା ରୁଜୁ କରି କୋର୍ଟ ଚାଲାଣ କରିଯାଇଥିବା ଅବକାରୀ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

## ତାପମାତ୍ର ଓ ପରିବେଶ ସୁରକ୍ଷା ପାଇଁ ଗୁରାଣ୍ଡିରେ ଯୁବଗୋଷ୍ଠୀଙ୍କ ଚାରାରୋପଣ

ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲା ଗୋଷାଣି ବ୍ଲକର ଗ୍ରାମାଞ୍ଚଳରେ ଗୁରାଣ୍ଡି ଗ୍ରାମର ଯୁବ ଗୋଷ୍ଠୀଙ୍କ ଦ୍ୱାରା ଚାରାରୋପଣ କରାଯାଇଛି। ଉତ୍ତାପ ବୃଦ୍ଧି ପରିବେଶର ସୁରକ୍ଷା ପାଇଁ ଏହି ଯୁବଗୋଷ୍ଠୀ ଗୁରାଣ୍ଡି ଗ୍ରାମାଞ୍ଚଳର ବିଭିନ୍ନ ସ୍ଥାନର ଚାଷ ଜମି ହିଡ, ପୋଖରୀ ନିକଟ, ଖାଲି ପଡ଼ିଆରେ ଚାରାରୋପଣ କରିଥିଲେ ଓ ବୃକ୍ଷଲତା ହାନୀ ଯୋଗୁଁ ଦିନକୁ ଦିନ ବଢୁଥିବା ତାପମାତ୍ରା, ଜଳବାୟୁରେ ପରିବର୍ତ୍ତନ, ଅଭାବୀ ବର୍ଷା, ପରିବେଶ ପ୍ରଦୂଷଣ ଆଦି ବିଶେଷ ଭାବେ ବୃଦ୍ଧି ପାଉଛି । ଧରାପୃଷ୍ଠରକୁ ସୁରକ୍ଷା ଦେବାକୁ ହେଲେ ବୃକ୍ଷ ହିଁ ଏକ ମାତ୍ର ବିକଳ୍ପ ବୋଲି ହୃଦବୋଧ କରି ଏହି ଯୁବ ଗୋଷ୍ଠୀ ନିଜସ୍ୱ ଉଦ୍ୟମରେ ଗଛ ଲଗାଇବା ସହ ଗଛକୁ ବଞ୍ଚାଇବା ପାଇଁ ଉଦ୍ୟମ ଜାରି ରଖିଛନ୍ତି ଓ ଯେଉଁ ସ୍ଥାନରେ ଚାରାରୋପଣ କରିଛନ୍ତି ତାର ସୁରକ୍ଷା ଦାୟିତ୍ୱ ଠାରୁ ଆରମ୍ଭ କରି ଗଛ ବଡ ହେବା ପର୍ଯ୍ୟନ୍ତ କାମ କରିବୁ ବୋଲି ଯୁବଗୋଷ୍ଠୀ ସଦସ୍ୟ କେ. ସୁଶାନ୍ତ



ଆଦିନାରାୟଣା, ଏନ୍ ଭେଙ୍କଟରାଓ, ଲଳିତ କୁମାର ରାଉତ, ମହେନ୍ଦ୍ର ପାତ୍ର, ଏସ୍. ମୋହନ ରାଓ, ଜି. ରାଜେଶ, କୁମାର ସାମଲ, ରୋହିତ କୁମାର ନାୟକ, ଡି ହେମାଞ୍ଜଳମ୍, ସନ୍ତୋଷ କୁମାର ବେହେରା, ରାଜୁ ପଣ୍ଡା, ତୁଳସୀ କିଶୋର, ଡି. ପ୍ରଦୀପ, ଟି. ରମେଶ ଓ ଏନ୍. ଜଗଦୀଶ ପ୍ରମୁଖ କହିଛନ୍ତି।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES for Std I to Std V Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray